୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK

ପର୍ଯ୍ୟବେକ୍ଷକ

Vol.26 . No.43 Bhubaneswar Wednesday March 20 2024 | ୨୬ତମ ବର୍ଷ ସଂଖ୍ୟା-୪୩ ଭୁବନେଶ୍ୱର, ବୁଧବାର, ମାର୍ଚ୍ଚ ୨୦, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 | (Air Surcharge - 0.50P) | Member-INS

## ମେଣ୍ଟ ଚର୍ଚ୍ଚାକୁ ନୂଆମୋଡ ଦେଲେ ପାଣ୍ଡିଆନ: ବୃହତ୍ତର ଉଦ୍ଦେଶ୍ୟ ପାଇଁ ଏକାଠି ହେବାକୁ ଚାହାଁନ୍ତି ଦୁଇ ନେତା

ଭୁବନେଶ୍ୱର,୧୯।୩(ପି.ଏନ): ନିର୍ବାଚନୀ ବିଗୁଲ ବାଜିବା ପରେ ବି ରାଜ୍ୟରେ ବିଜେଡି-ବିଜେପି ସମ୍ଭାବ୍ୟ ମେଂଟକୁ ନେଇ ଜାରି ରହିଥିବା ଚର୍ଚ୍ଚାକୁ ଆଜି ନୂଆମୋଡ ଦେଇଛନ୍ତି ବିଜେଡି ନେତା ଭିକେ ପାଣ୍ଡିଆନ। ଦେଶର ଦୁଇ ମହାନ ନେତା ବୃହତ୍ତର ଉଦ୍ଦେଶ୍ୟ ପାଇଁ ଏକାଠି ହେବାକୁ ଚାହାଁନ୍ତି । ଯାହାକି ରାଜନୀତିରୁ ଊର୍ଦ୍ଧ୍ୱରେ ଓ ଏହା ହିଁ ରାଷ୍ଟ୍ରନୀତି । ନିର୍ବାଚନୀ ଗଣିତ ପାଇଁ ବିଜେଡି କିମ୍ବା ବିଜେପି ଉଭୟଙ୍କୁ ମେଂଟର ଆବଶ୍ୟକତା ନାହିଁ ବୋଲି ପାଣ୍ଡିଆନ କହିଛନ୍ତି । ଏହାସହିତ ସମ୍ଭାବ୍ୟ ମେଂଟ ଚର୍ଚ୍ଚାରେ ସାମାନ୍ୟ ସ୍ୱଷ୍ଟତା ମଧ୍ୟ ସେ ଆଣିଛନ୍ତି।ଆଜି ନୂଆଦିଲ୍ଲୀରେ ଏକ ଜାତୀୟ ଟିଭି ଚ୍ୟାନେଲ ଦ୍ୱାରା ଆୟୋଜିତ କାର୍ଯ୍ୟକ୍ରମରେ ଯୋଗ ଦେଇ ବିଜେଡିର ଦ୍ୱିତୀୟ କ୍ଷମତାଶାଳୀ ନେତା ଭିକେ ପାଣ୍ଡିଆନ ମେଂଟକୁ ନେଇ ସିଧାସଳଖ କିଛି ପ୍ରତିକ୍ରିୟା ରଖିନାହାନ୍ତି। ମାତ୍ର ମେଂଟକୁ ନେଇ ଏକପ୍ରକାର ସ୍ପଷ୍ଟ ଚିତ୍ର ଦେଇଛନ୍ତି। ମେଂଟକୁ ନେଇ ଯାହା କିଛି ହେବ ତାହା ସମସ୍ତେ ଜାଣିବା ବୋଲି କହିଛନ୍ତି । ରାଜ୍ୟରେ ବିଜେପି ଓ ବିଜେଡି ମଧ୍ୟରେ ନିର୍ବାଚନୀ ମେଂଟକୁ ନେଇ ଚାଲିଥିବା ଚର୍ଚ୍ଚା ସମ୍ପର୍କିତ ପ୍ରଶ୍ନର



ଉତ୍ତର ରଖି ପାଣ୍ଡିଆନ କହିଛନ୍ତି ଯେ, ରାଜ୍ୟରେ ବିଜେଡିକୁ ନିର୍ବାଚନୀ ଗଣିତ ପାଇଁ ବିଜେପିର ଆବଶ୍ୟକତା ନାହିଁ । ସେହିପରି କେନ୍ଦ୍ରରେ ମଧ୍ୟ ସରକାର ଗଢ଼ିବା ପାଇଁ ବିଜେପିକୁ ବିଜେଡିର ସହଯୋଗ ଦରକାର ବୋଲି ସେ ଭାବୁନାହାନ୍ତି। ନବୀନ ପଟ୍ଟନାୟକଙ୍କୁ ପୁଣିଥରେ କ୍ଷମତାକୁ ଫେରିବା ଓ ଲୋକଙ୍କ ସେବା କରିବା ପାଇଁ ମେଂଟର ଆବଶ୍ୟକତା ନାହିଁ।ବିଜେଡି କ୍ରମାଗତ ଭାବେ ରାଜ୍ୟରେ ତିନିଚତୁର୍ଥାଂଶ ଆସନ ଜିତିବାରେ ସକ୍ଷମ ହେଉଛି । ଗତ ପଂଚାୟତ ନିର୍ବାଚନରେ ୯୦ ପ୍ରତିଶତ ଆସନ ବିଜେଡିକୁ ମିଳିଥିଲା। ବିଜେପିକୁ ମାତ୍ର ୫ ପ୍ରତିଶତ ମିଳିଥିଲା । ନବୀନ ପଟ୍ଟନାୟକ ସର୍ବାଧିକ ଲୋକପ୍ରିୟ ନେତା । ରାଜ୍ୟରେ ସରକାର ଗ?ିବା ପାଇଁ ବିଜେଡିକୁ କାହା ସହ ମେଂଟ କରିବାର ଆବଶ୍ୟକତା ନାହିଁ । ସେହିପରି ସମସ୍ତ ସର୍ଭେ କହୁଛି କେନ୍ଦ୍ରରେ ନରେନ୍ଦ୍ର ମୋଦି ପୁଣିଥରେ ପ୍ରଧାନମନ୍ତ୍ରୀ ହେବେ । କେନ୍ଦ୍ରରେ ବିଜେପିକୁ ସରକାର ଗଢ଼ିବା ପାଇଁ ବିଜେଡିର ସହାୟତା ଦରକାର ପଡିବ ନାହିଁ । ତେଣୁ ନିର୍ବାଚନୀ ଗଣିତ ପାଇଁ ବିଜେଡି କିମ୍ବା ବିଜେପି ଉଭୟଙ୍କୁ ମେଂଟର ଆବଶ୍ୟକତା ନାହିଁ।

## ଆସୁଛି ଭୟାନକ କାଳବୈଶାଖୀ, ୧୪ ଜିଲ୍ଲାରେ କରିବ ତାଣ୍ଡବ

ଭୁବନେଶ୍ୱର,୧୯।୩(ପି.ଏନ): ଆଜି ଓଡିଶାର ବିଭିନ୍ନ ଜିଲ୍ଲା କାଳବୈଶାଖୀର ପ୍ରଭାବକୁ ନେଇ ଚେତାବନୀ ଜାରି କରାଯାଇଛି । ରାଜ୍ୟର ପ୍ରାୟ ୧୪ଟି ଜିଲ୍ଲାରେ କାଳବୈଶାଖୀର ପ୍ରଭାବ ଦେଖିବାକୁ ମିଳିବ ବୋଲି ଆଶଙ୍କା କରାଯାଉଛି । ବିଜୁଳି, ଘଡଘଡି ସହିତ ଝଡିବର୍ଷା ହେବାର ସମ୍ଭାବନା ରହିଥିବା ବେଳେ ଘଣ୍ଟା ପ୍ରତି ୪୫ରୁ ୫୫ କି.ମି ବେଗରେ ପବନ ବହିପାରେ । ଏହି କାଳବୈଶାଖୀର ପ୍ରଭାବକୁ ନେଇ ରାଜ୍ୟର ମୋଟ ୧୪ଟି ଜିଲ୍ଲାକୁ ଚେତାବନୀ ଜାରି କରାଯାଇ ଅରେଞ୍ଜ ଓ୍ୱାର୍ଣ୍ଣିଂ ଜାରି ହୋଇଛି । ଏହି ଜିଲ୍ଲାମାନଙ୍କ ମଧ୍ୟରେ ମୟୂରଭଞ୍ଜ, କେନ୍ଦୁଝର, ଯାଜପୁର, ଢେଙ୍କାନାଳ ସମେତ କଟକ, ଖୋର୍ଦ୍ଧା, ଅନୁଗୁଳ, ନୟାଗଡ ଆଦି ଜିଲ୍ଲାକୁ ଚେତାବନୀ ଦିଆଯାଇଛି । ସେହିପରି ଗଞ୍ଜାମ, ବୌଦ୍ଧ, କନ୍ଧମାଳ, ସୋନପୁର, ବଲାଙ୍ଗୀର ଏବଂ କଳାହାଣ୍ଡି ଜିଲ୍ଲା ମଧ୍ୟ ଅରେଞ୍ଜ ଓ୍ୱାର୍ଣ୍ଣିଂ ତାଲିକାରେ ସାମିଲ ରହିଛନ୍ତି । ୧୪ଟି ଜିଲ୍ଲାର ସ୍ଥାନେ ସ୍ଥାନେ ୭-୧୧ ମିମି ବର୍ଷା ହେବା ନେଇ ମଧ୍ୟ ପାଣିପାଗ ବିଭାଗ ପକ୍ଷରୁ ପୂର୍ବାନୁମାନ କରାଯାଇଛି । ତେବେ ଏହାବ୍ୟତୀତ ୧୬ ଜିଲ୍ଲାକୁ ୟେଲୋ ଓ୍ୱାର୍ଣ୍ଣିଂ ଜାରି କରିଛି ଆଞ୍ଚଳିକ ପାଣିପାଗ କେନ୍ଦ୍ର । ତେବେ ଆସନ୍ତା ୨୨ ତାରିଖରେ ଏହି ପାଗରେ ପରିବର୍ତ୍ତନ ହୋଇପାରେ ବୋଲି ଆଶା କରାଯାଉଛି।

## ସ୍ୱତନ୍ତ୍ର ନକ୍ସା ପ୍ରସ୍ତୁତ କଲେ ରାଜ୍ୟ ସରକାର: ଆଗାମୀ ୫ ବର୍ଷରେ ବୟନ ଶିଳ୍ପ କ୍ଷେତ୍ରରେ ସୃଷ୍ଟି ହେବ ୧ ଲକ୍ଷ ନିଯୁକ୍ତି

ଭୁବନେଶ୍ୱର,୧୯।୩(ପି.ଏନ): ରାଜ୍ୟକୁ ଶିକ୍ଷା, ସ୍ୱାସ୍ଥ୍ୟ, କୃଷି ଆଦି ବିଭିନ୍ନ କ୍ଷେତ୍ରରେ ବିକଶିତ କରିବା ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ସର୍ବଦା ପ୍ରୟାସରତ ରହିଛନ୍ତି । ତେବେ ଏହା ମଧ୍ୟରେ ବୟସ ଶିଳ୍ପ କ୍ଷେତ୍ରକୁ ସମୃଦ୍ଧି କରିବା ପାଇଁ ରାଜ୍ୟ ସରକାର ଏକ ସ୍ୱତନ୍ତ୍ର ନକ୍ସା ପ୍ରସ୍ତୁତ କରିଛନ୍ତି । ଆଗାମୀ ଦିନରେ ରାଜ୍ୟ ସରକାରଙ୍କ ସ୍ୱତନ୍ତ୍ର ବୟନ ଶିଳ୍ପ ନୀତି ନିବେଶଙ୍କ ପାଇଁ ପର୍ଯ୍ୟାପ୍ତ ନିବେଶର ସୁଯୋଗ ସୃଷ୍ଟି କରିବ ।ଏହାଫଳରେ ଆଗାମୀ ୫ ବର୍ଷ ମଧ୍ୟରେ ବୟନ ଶିଳ୍ପ କ୍ଷେତ୍ରରେ ପାଖାପାଖି ୧୦ ହଜାର କୋଟି ଟଙ୍କାର ନିବେଶ ପ୍ରାପ୍ତି କରିବାକୁ ଓଡିଶା ସରକାର ଲକ୍ଷ୍ୟ ରଖିଛନ୍ତି । ଏହି ନିବେଶ ଫଳରେ ରାଜ୍ୟରେ ପାଖାପାଖି ୧ ଲକ୍ଷ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ । ଗତ ୧୭ ତାରିଖରେ ମୁଖ୍ୟମନ୍ତ୍ରୀ ଚୌଦ୍ୱାର ଠାରେ ବିଶ୍ୱ ପ୍ରସିଦ୍ଧ ବୟନ ଶିଳ୍ପ କମ୍ପାନୀ ଓ୍ୱେଲସ୍ପନ ଟେକ୍ସଟାଇଲ କମ୍ପ୍ଲେକ୍ସ ପାଇଁ ଭିତ୍ତିପ୍ରସ୍ତର ସ୍ଥାପନ କରିଥିବା ବେଳେ ସେହି ପ୍ରକଳ୍ପରେ ୩୦୫୦ କୋଟି ଟଙ୍କା ବିନିଯୋଗ ହେବା ସହ ୧୦ ହଜାର ନିଯୁକ୍ତି ସୁଯୋଗ ସୃଷ୍ଟି ହେବ । ଏଥିସହିତ ଆଗାମୀ ଦିନରେ ପ୍ରମୁଖ କପଡା ନିର୍ମାତା କମ୍ପାନୀ ସାହି, ଆଦିତ୍ୟ ବିର୍ଲା, ଲୋକାଲ ଏଣ୍ଟିଟି ହ୍ୱାଇଟ୍ ଲୋଟସ ଓଡିଶାରେ ନିବେଶ କରିବାର ପ୍ରସ୍ତାବ ରହିଛି । ଏହି କମ୍ପାନୀଗୁଡିକ ୧୦୦ କୋଟିରୁ ଆରମ୍ଭ କରି ୪୦୦୦ କୋଟି ଟଙ୍କା ପର୍ଯ୍ୟନ୍ତ ନିବେଶ କରିବେ ବୋଲି ଜଣାପଡିଛି । ରାଜ୍ୟରେ ଯେଉଁ କମ୍ପାନୀମାନେ ବୟସ ଶିଳ୍ପରେ ନିବେଶ କରିବେ ସେମାନଙ୍କ ପାଇଁ ଶିଳ୍ପ ନୀତି ଅନୁଯାୟୀ ରାଜ୍ୟ ସରକାରଙ୍କ ତରଫରୁ ଆକର୍ଷଣୀୟ ରିହାତି ଅଫର ରହିଛି । କୌଣସି ପ୍ରକଳ୍ପରେ ନିବେଶ କଲେ ସଂଶୋଧିତ ଇଣ୍ଡଷ୍ଟ୍ରି ପଲିସୀ ରେଗୁଲେସନ (ଆଇପିଆର) ଅନୁଯାୟୀ ନିବେଶକଙ୍କୁ ୩୦ ପ୍ରତିଶତ ପର୍ଯ୍ୟନ୍ତ ଅର୍ଥରାଶି ଫେରସ୍ତ କରାଯିବ । ବୟନ ଶିଳ୍ପ କ୍ଷେତ୍ରରେ ରାଜ୍ୟ ସରକାରଙ୍କ ତରଫରୁ ପ୍ରାୟ ୨୬ଟି ପ୍ରସ୍ତାବକୁ ମଞ୍ଜୁରୀ ମିଳିଥିବା ବେଳେ ପର୍ଯ୍ୟାୟକ୍ରମେ ବିଭିନ୍ନ କମ୍ପାନୀ କାରବାର ଆରମ୍ଭ କରିବେ ।

### ବନ ବିଭାଗ କର୍ମଚାରୀଙ୍କୁ ଗୁଳିମାଡ, ୨ ଜଣ ଗୁରୁତର ଆହତ

ନୀଳଗିରି,୧୯।୩(ପି.ଏନ): ବନ କର୍ମଚାରୀଙ୍କୁ ଶିକାରୀଙ୍କ ଗୁଳିମାଡ ଖବର ସାମ୍ନାକୁ ଆସିଛି । କୁଲଡିହା ଅଭୟାରଣ୍ୟରେ ପେଟ୍ରୋଲିଂ ବେଳେ ଗୁଳିମାଡ କରାଯାଇଛି । ପଞ୍ଚଲିଙ୍ଗେଶ୍ୱର ବିଟ୍ ଅଞ୍ଚଳରେ ମୁହାଁମୁହିଁ ହୋଇଛନ୍ତି । ଗୁଳିମାଡରେ ଆହତ ଦୁଇ ଜଣଙ୍କୁ ବାଲେଶ୍ୱର ମେଡିକାଲରେ ଭର୍ତ୍ତି କରାଯାଇଛି । ଜଣଙ୍କୁ ଗୁରୁତର ଅବସ୍ଥାରେ କଟକ ବଡ ମେଡିକାଲ ସ୍ଥାନାନ୍ତର କରାଯାଇଛି ।

### ଯୁବକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

ଧର୍ମଶାଳା,୧୯।୩(ପିଏନ୍): ଧର୍ମଶାଳା ଥାନା ପାଟପୁର ପଂଚାୟତ ଚତ୍ରପଦା ଗ୍ରାମର ଗୌରାଙ୍ଗ ଦାସଙ୍କ ଏକମାତ୍ର ପୁଅ ବିଶ୍ୱଜିତ(୨୨)ଙ୍କ ଝୁଲନ୍ତା ମୃତଦେହ ଆଜି ଉଦ୍ଧାର ହୋଇଛି । ପାରିବାରିକ କଳହକୁ କେନ୍ଦ୍ର କରି ସେ ବେକରେ ରଶି ଲଗାଇ ଫାନ୍ ହୁକରେ ଝୁଲି ପଡ଼ିଥିବା ପୁଲିସ୍‌ର ପ୍ରାଥମିକ ତଦନ୍ତରୁ ଜଣାପଡ଼ିଛି । ପ୍ରକାଶ ଯେ, ଚତ୍ରପଦା ଗ୍ରାମର ବିଶ୍ୱଜିତ୍ ଦାସ ଅପରାହ୍ଣ ପ୍ରାୟ ୨ଟାରେ ଘର ଭିତରେ କବାଟ ଦେଇ ପଶିଥିଲେ । ବାରମ୍ବାର ଡାକିବା ସତ୍ତ୍ୱେ ନଶୁଣିବାରୁ ଘର ଲୋକେ କବାଟ ଭାଙ୍ଗି ଦେଖନ୍ତି ତ’ ସେ ଫ୍ୟାନ୍ ହୁକରେ ଝୁଲୁଛନ୍ତି । ତୁରନ୍ତ ତାଙ୍କୁ ଉଦ୍ଧାର କରି ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତି କରାଯାଇଥିଲା । ହେଲେ ଡାକ୍ତର ବିଶ୍ୱଜିତ୍‌ଙ୍କୁ ମୃତ ଘୋଷଣା କରିଥିଲେ । ଖବରପାଇ ପୁଲିସ୍ ମୃତଦେହ ଜବତ କରିବା ସହିତ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି । ଆସନ୍ତାକାଲି ଶବ ବ୍ୟବଚ୍ଛେଦ ହେବ ବୋଲି ଡାକ୍ତରଖାନା ପକ୍ଷରୁ ସୂଚନା ଦିଆଯାଇଛି ।

## କଂଗ୍ରେସ ଛାଡିଲେ ବିଧାୟକ ଅଧିରାଜ ପାଣିଗ୍ରାହୀ

ଭୁବନେଶ୍ୱର,୧୯।୩(ପି.ଏନ): ଯାହା ଆଲୋଚନା ହେଉଥିଲା, ଶେଷରେ ତାହା ହେଲା । ଆଜି କଂଗ୍ରେସରୁ ଇସ୍ତଫା ଦେଇଛନ୍ତି ଖଡିଆଳ ବିଧାୟକ ଅଧିରାଜ ମୋହନ ପାଣିଗ୍ରାହୀ। ସେ ତାଙ୍କ ଇସ୍ତଫାପତ୍ର ଓଡିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶରତ ପଟ୍ଟନାୟକଙ୍କ ପାଖକୁ ପଠାଇ ଦେଇଛନ୍ତି। ସେ ଦଳର ଅନ୍ୟାନ୍ୟ ପଦପଦବୀ ସହିତ କଂଗ୍ରେସର ପ୍ରାଥମିକ ସଦସ୍ୟତାରୁ ଇସ୍ତଫା ଦେଇଛନ୍ତି। ଆସନ୍ତାକାଲି ବିଧାୟକ ଅଧିରାଜ ମୋହନ ପାଣିଗ୍ରାହୀ ବିଜେଡିରେ ଯୋଗ ଦେବେ ବୋଲି ଆଲୋଚନା ହେଉଛି ।କଂଗ୍ରେସ ଛାଡିବା ପରେ ଅଧିରାଜ କହିଛନ୍ତି, ଖଡିଆଳବାସୀଙ୍କ ମତାମତକୁ ନେଇ କଂଗ୍ରେସ ଛାଡିଛି । କେଉଁ ଦଳକୁ ଯିବି କାଲି କାର୍ଯ୍ୟକର୍ତ୍ତାଙ୍କ ସହ ଆଲୋଚନା କରି କହିବି। ୨୦୨୪ରେ ନିଶ୍ଚିତ ଖଡିଆଳରୁ ନିର୍ବାଚନ ଲଢ଼ିବି। ଓଡିଶାରେ କଂଗ୍ରେସ ଭଲ ସ୍ଥିତିରେ



ନାହିଁ, ଦୁର୍ବଳ ହୋଇଯାଇଛି। ତେବେ କଂଗ୍ରେସରେ କୌଣସି ନେତାଙ୍କ ସହ ମୋର ମତାନ୍ତର ନାହିଁ। ଓଡିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶରତ ପଟ୍ଟନାୟକ କହିଛନ୍ତି, ଖଡିଆଳରେ ଲଢ଼ିବା ପାଇଁ ଯୋଗ୍ୟ ପ୍ରାର୍ଥୀ ଅଛନ୍ତି। ନିର୍ବାଚନ ଆସିଲେ ବହୁତ ଲୋକ ଆସନ୍ତି ଓ ଯାଆନ୍ତି। ସ୍ୱାର୍ଥ ପାଇଁ କିଛି ଲୋକ ଦଳ ବଦଳାଇଥା’ନ୍ତି।

## ସାମ୍ବାଦିକମାନଙ୍କୁ ପେନସନ : ୧୮ବର୍ଷ ପୂର୍ବରୁ ତତ୍ପରତା ଦେଖାଇଥିଲେ, ଏବେ ତାଲିକା ଧରି ଶୋଇ ପଡିଛନ୍ତି ନବୀନ ସରକାର

ଭୁବନେଶ୍ୱର,୧୯।୩ (ପି.ଏନ): ସାଧାରଣ ନିର୍ବାଚନକୁ ଦୃଷ୍ଟିରେ ରଖି ନବୀନ ପଟ୍ଟନାୟକ ସରକାର ସବୁ ବର୍ଗକୁ ତୁଷ୍ଟ କଲା ଭଳି ୪ ଡଜନରୁ ଅଧିକ ନୂଆ ଘୋଷଣା କରିଛନ୍ତି। କାହାର ଦରମା ତ କାହାର ଭତ୍ତା ବ?ାଇଲେ, ଆଉ ପୁଣି କାହାକୁ ଖୁସି କରିବାକୁ ନୂଆ ଯୋଜନା ଓ କାର୍ଯ୍ୟକ୍ରମ ଘୋଷଣା କଲେ। ରାଜକୋଷ ଉପରେ ଆଖି ଖୋସି ହେଲା ଭଳି ଆର୍ଥିକ ଚାପ ବି ପଡିଲା। କିନ୍ତୁ ମୌଳିକ ସୁବିଧାସୁଯୋଗ ଓ ହକରୁ ବଂଚିତ ଥିବା ରାଜ୍ୟର ଗଣମାଧ୍ୟମ ପ୍ରତିନିଧିମାନଙ୍କ ପାଇଁ ନବୀନ ସରକାର ସମ୍ପୂର୍ଣ୍ଣ ଆଖି ବୁଜି ଦେଇଛନ୍ତି। ଏପରିକି ସାମ୍ବାଦିକମାନଙ୍କୁ ପେନସନ୍ ଦେବା ପାଇଁ ଗତ ୧୮ବର୍ଷ ତଳେ ସରକାରୀସ୍ତରରେ ଯେଉଁ ତତ୍ପରତା ଦେଖାଇଥିଲେ ତାକୁ ବି ନଥିତଳେ ଚାପି ରଖିବାକୁ ପଛାଇ ନାହାନ୍ତି। ସରକାରଙ୍କ ଏଭଳି ବେପରୁଆ ଓ ପକ୍ଷପାତ ଆଭିମୁଖ୍ୟ ଯୋଗୁ ସାମ୍ବାଦିକତା ଭଳି ପେଷା ଏବେ ରାଜ୍ୟରେ ନିଜର ଅସ୍ତିତ୍ୱ ସଙ୍କଟ ଦେଇ ଗତି କରିବାକୁ ବାଧ୍ୟ ହେଉଛି। ଆଉ ସାମ୍ବାଦିକତାକୁ ପେଷା କରୁଥିବା ଯୁବକଯୁବତୀମାନଙ୍କ ଭବିଷ୍ୟତ ଏବେ ଅନିଶ୍ଚିତତା ମଧ୍ୟକୁ ଠେଲି ହୋଇଯାଇଛି ।ସୂଚନା ଅନୁସାରେ, ରାଜ୍ୟରେ କାର୍ଯ୍ୟରତ ସାମ୍ବାଦିକମାନେ ଦୀର୍ଘବର୍ଷ ଧରି ନିଜର ସାମାଜିକ ସୁରକ୍ଷା ପାଇଁ ସରକାରଙ୍କ ନିକଟରେ ଦାବି କରି ଆସୁଛନ୍ତି। ପ୍ରତିକୂଳ ପରିସ୍ଥିତିରେ ଦିନରାତି ପରିଶ୍ରମ କରୁଥିବା ସାମ୍ବାଦିକମାନେ ନିଜ ତଥା ପରିବାରର ନିରାପତ୍ତା ଓ ମୌଳିକ ଆବଶ୍ୟକତା ପୂରଣ ପାଇଁ ସରକାରୀ ସ୍ୱୀକୃତି ସହ ଅବସରକାଳୀନ ପେନସନ୍ ଦାବି କରିଆସୁଛନ୍ତି। ମାତ୍ର କାର୍ଯ୍ୟରତ ସାମ୍ବାଦିକଙ୍କୁ ରାଜ୍ୟ ସରକାର ସମ୍ପୂର୍ଣ୍ଣ ହେୟଜ୍ଞାନ ମନେ କରିଛନ୍ତି। ଯେଉଁଥିପାଇଁ ଦୀର୍ଘ ୧୮ବର୍ଷ ତଳେ ଅର୍ଥାତ୍ ୨୦୦୬ ମସିହାରେ ସାମ୍ବାଦିକମାନଙ୍କୁ ପେନସନ୍ ଦେବା ନିମନ୍ତେ ରାଜ୍ୟ ସରକାରଙ୍କସ୍ତରରେ ଯେଉଁ ତତ୍ପରତା ପ୍ରକାଶ ପାଇଥିଲା ତାହା ଏତେବର୍ଷ ପରେ ବି ବାସ୍ତବ ରୂପ ନେଇପାରିନି ।ନବୀନ ପଟ୍ଟନାୟକ ସରକାରଙ୍କ ଦ୍ୱିତୀୟ ପାଳିରେ କାର୍ଯ୍ୟରତ ସାମ୍ବାଦିକମାନଙ୍କୁ ପେନସନ୍ ପ୍ରଦାନ ନିମନ୍ତେ ସୂଚନା ଓ ଲୋକସମ୍ପର୍କ ବିଭାଗ ପକ୍ଷରୁ ତତ୍ପରତା ପ୍ରକାଶ ପାଇଥିଲା। ଏଥିପାଇଁ ତତକାଳୀନ ବିଭାଗୀୟ ସଚିବ ୨୦୦୬ ଜାନୁୟାରୀ ୧୭, ୨୦୦୬ ଫେବୃୟାରୀ ୨୫ ଓ ୨୦୦୬ ଏପ୍ରିଲ ୨୯ତାରିଖରେ ସମସ୍ତ ସମ୍ବାଦପତ୍ର ଓ ବୈଦ୍ୟୁତିକ ଗଣମାଧ୍ୟମର ସମ୍ପାଦକମାନଙ୍କୁ ଚିଠି ଲେଖି କାର୍ଯ୍ୟରତ ସାମ୍ବାଦିକମାନଙ୍କ ତାଲିକା ମାଗିଥିଲେ। ରାଜ୍ୟ ସରକାର କାର୍ଯ୍ୟରତ ସାମ୍ବାଦିକମାନଙ୍କ ପାଇଁ ପେନସନ୍ ଯୋଜନା(ପାରସ୍ପରିକ ଭାଗିଦାରୀ) ଲାଗୁ କରିବାକୁ ଇଚ୍ଛୁକ ଥିବାରୁ ୧୫ଦିନ ମଧ୍ୟରେ ନିଜ ନିଜ ସଂସ୍ଥାରେ କାର୍ଯ୍ୟରତ ସାମ୍ବାଦିକମାନଙ୍କ ତାଲିକା ଦେବାକୁ କହିଥିଲେ।

## ଖାଇଥିଲେ ମନରେଗା ଟଙ୍କା, ୩ ବର୍ଷ ପରେ ୩ ଯନ୍ତ୍ରୀଙ୍କୁ ଇଡ଼ି ପଠାଇଲା ନୋଟିସ୍

ଭୁବନେଶ୍ୱର,୧୯।୩(ପି.ଏନ): ସରପଞ୍ଚ ଓ ଭେଣ୍ଡରଙ୍କ ସହ ମିଶି ଖାଇଯାଇଥିଲେ ୩ କୋଟିରୁ ଅଧିକ ମନରେଗା ଟଙ୍କା। ପ୍ରାୟ ୩ ବର୍ଷ ପରେ ୩ ଯନ୍ତ୍ରୀଙ୍କ ପାଖକୁ ଉଡ଼ ପଠାଇଛି ନୋଟିସ୍। ଆସନ୍ତା ୨୦ ତାରିଖରେ ହାଜର ହେବାକୁ ଇଡି ନିର୍ଦ୍ଦେଶ ଦେଇଛି। ତେବେ ବାକି ୨୨ ଜଣଙ୍କ ପାଖକୁ କେବେ ନୋଟିସ୍ ଆସିବ, ତାକୁ ନେଇ ନାନା କଳ୍ପନା ଜଳ୍ପନା ଲାଗି ରହିଛି। ୨୦୧୯-୨୦୨୦ ଆର୍ଥିକ ବର୍ଷରେ ମୟୂରଭଞ୍ଜ ଜିଲ୍ଲା ଯଶୀପୁର ବ୍ଲକ୍‌ରେ ହୋଇଥିଲା ଏହି ମହା ଦୁର୍ନୀତି ।ଯଶୀପୁର ବ୍ଲକ୍‌ର ପୋଡ଼ାଗଡ, ବରେହିପାଣି, ଅସ୍ତକୁମାର, ଗୁରୁଗୁଡ଼ିଆ ଓ ଧଳାବଣୀ ପଞ୍ଚାୟତରେ ବିଭିନ୍ନ ଉନ୍ନୟନ କାମ



ପାଇଁ ମନରେଗାରେ ୩ କୋଟି ୨୧ ଲକ୍ଷ ଟଙ୍କା ମଞ୍ଜୁର କରାଯାଇଥିଲା। ହେଲେ ସେହି ଅର୍ଥରେ କୌଣସି କାମ ହୋଇନଥିବା ଅଭିଯୋଗ ହୋଇଥିଲା। ମନରେଗା ଅର୍ଥ ଆତ୍ମସାତ ହୋଇଥିବା ନେଇ ସେତେବେଳେ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଇଥିଲା। ଏହା ପରେ ତତ୍କାଳୀନ(ସେତେବେଳର) ଯଶୀପୁର ବିଡ଼ିଓ ଅନୁପମା ଘୋଷ ମାମଲାର ଖୋଳତାଡ କରିଥିଲେ।

## ଏଣିକି ମଲ୍‌ରେ ଗାଡି ରଖିବା ପାଇଁ ଆଦାୟ ହେବ ପାର୍କିଂ ଫି, ବିଏମସି ନେଲା ନିଷ୍ପତ୍ତି

ଭୁବନେଶ୍ୱର,୧୯।୩(ପି.ଏନ): ସରିଗଲା ସପିଂ ମଲ୍‌ରେ ମାଗଣାରେ ଗାଡି ରଖିବା । ଏବେ ଗାଡି ରଖିବା ପାଇଁ ଆଦାୟ ହେବ ପାର୍କିଂ ଫି । ଏହି ନିୟମକୁ ବିଏମସି ପରିବର୍ତ୍ତନ କରିବାକୁ ନିଷ୍ପତ୍ତି ନେଇଛି । ଏଭଳି ନିଷ୍ପତ୍ତି ନେବାର କାରଣ ଦର୍ଶାଇ ବିଏମସି କହିଛି ଯେ, କେତେକ ନିର୍ଦ୍ଦିଷ୍ଟ ବ୍ୟବସାୟୀ ଓ ବଡ ବଡିଆ ଏହାକୁ ପାର୍କିଂ ଭାବେ ବ୍ୟବହାର କରୁଛନ୍ତି । ଏଥିରେ ମଲ୍ ସହ ତାଙ୍କ ବ୍ୟବସାୟ ସ୍ଥଳର କୌଣସି ସଂପର୍କ ନଥିଲା । ଏମାନଙ୍କ କାର ଯୋଗୁଁ ମଲକୁ ଆସୁଥିବା ଗ୍ରାହକ ବାହାରେ ଗାଡି ରଖୁଛନ୍ତି ।ବାହାରେ ଗାଡି ପାର୍କିଂ କରିବା ହେତୁ ସେମାନଙ୍କଠାରୁ ମୋଟା ଅଙ୍କର ଜରିମାନା ଦେବାକୁ ପଡୁଛି । ପାର୍କିଂ ଜୋନରେ ଅଧିକ ଗାଡି ଥିବାରୁ ଲୋକେ ମଲକୁ ଆସୁନଥିଲେ ମଧ୍ୟ । ଏଭଳି ସ୍ଥିତି



ନେଇ ଅନେକ ଥର ଅଭିଯୋଗ ହେବାରୁ ପବ୍ଲିକ ଓ୍ୱାର୍କସ୍ ଷ୍ଟାଣ୍ଡିଂ କମିଟି ଅଧ୍ୟକ୍ଷ ଅମରେଶ ଜେନା ଏହି ପ୍ରସଙ୍ଗ ଗତ କର୍ପ?ାରେସନ ବୈଠକରେ ଉଠାଇଥିଲେ । ଏନେଇ ଦିଲ୍ଲୀ ହାଇକୋର୍ଟ ଆଦେଶ ଦେଇଛନ୍ତି ଯେ, ମଲମାଲିକମାନେ ପାର୍କିଂ ଦେୟ ଆଦାୟ କରିପାରିବେ । ଓଡିଶାର ଅନ୍ୟ ସହରର ମାଲମାଲିକମାନେ ପାର୍କିଂ ଫି ଆଦାୟ ମଧ୍ୟ କରୁଛନ୍ତି ।ଏହି ବୈଠକରେ ବିଏମସି ଅଞ୍ଚଳରେ ଥିବା ମାଲିକମାନଙ୍କୁ ପାର୍କିଂ ଫି ଆଦାୟ କରିବାକୁ ଅନୁମତି ଦିଆଯାଉ ବୋଲି ସେ ପ୍ରସ୍ତାବ ଦେଇଛନ୍ତି । ଏହି ପ୍ରସ୍ତାବ ସର୍ବସମ୍ମତିକ୍ରମେ ଗୃହୀତ ହେବା ସହ ପାର୍କିଂ ଫି ଆଦାୟ କରିବା ପାଇଁ ମଲ୍ ତଥା ମଲ୍ଟିପ୍ଲେକ୍ସ କର୍ତ୍ତୃପକ୍ଷ ଓ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ସୂଚନା ଦିଆଯିବାକୁ ନିଷ୍ପତ୍ତି ନିଆଯାଇଛି ।

## ଗୋଛାପଡ଼ା ଡବଲ୍ ମର୍ଡର ଘଟଣାରେ ଅଭିଯୁକ୍ତର ଅଜବ ବୟାନ

କନ୍ଧମାଳ,୧୯।୩(ପି.ଏନ): ବହୁଚର୍ଚ୍ଚିତ ଗୋଛାପଡା ଥାନା ଗିଡାପଦର ଡବଲ ମର୍ଡର ଘଟଣା ର ପର୍ଦ୍ଦାଫାଶ କଲା ଗୋଛାପଡା ପୋଲିସ । ମାଓବାଦୀ ନୁହଁ ଗୁଣିଗାରେଡି ସନ୍ଦେହରେ ସ୍ୱାମୀ ସ୍ତ୍ରୀ ଙ୍କୁ ହତ୍ୟା କରିଥିଲେ ଗ୍ରାମବାସୀ । ହତ୍ୟା ପାଇଁ ଗ୍ରାମବାସୀ ଚାନ୍ଦା କରି ଦେଇଥିଲେ ସୁପାରୀ । ହତ୍ୟା କାଣ୍ଡରେ ସମ୍ପୃକ୍ତି ଅଭିଯୋଗରେ ଜଣେ ମହିଳାଙ୍କ ସହ ଦଶଜଣ ଗିରଫ । ସାମ୍ବାଦିକ ସମ୍ମିଳନୀ କରି ସୂଚନା ଦେଲେ ଏସପି। ପ୍ରଥମେ ହତ୍ୟା, ହତ୍ୟା ପରେ ଘଟଣାକୁ ନୂଆ ମୋଡ ଦେଇ ଖସିଯିବାକୁ ଚେଷ୍ଟା କରିବା ହେଲେ ଖସିଯିବାକୁ ଚେଷ୍ଟା କରୁ କରୁ ପୋଲିସ ହାତରେ ଧରା ପଡିଗଲେ ହତ୍ୟାକାରୀ । ଧରା ପଡିବା ପରେ ପୁରା ସୁନା ପିଲା ଭଳି ସବୁ ସତ ମାନିଛନ୍ତି । କେମିତି ମାରିଲେ କାହିଁକି ମାରିଲେ ପାଖରେ ଟଙ୍କା ନଥିଲା ବୋଲି କେମିତ ଚାନ୍ଦା ଆଦାୟ କରି ମାରିବାକୁ ସୁପାରୀ ଦେଇଥିଲେ ସବୁ ସତ ସତ ମାନିଛନ୍ତି ।ସୂଚନାଯୋଗ୍ୟ, ମୃତ ତାହିରା କହଁର ଓ ତାଙ୍କ ସ୍ତ୍ରୀ ବତାଶୀ କହଁର ପାଖ ବଗଳାଦେବୀ ମନ୍ଦିରରେ ପୂଜା କରୁଥିଲେ ଓ ତାଙ୍କୁ ଗୁମାଲଦାନୀ ଗ୍ରାମର ଲୋକମାନେ ଗୁଣିଗାରେଡି କରୁଛନ୍ତି ବୋଲି ସନ୍ଦେହ କରୁଥିଲେ। ସେହି ରାଗରେ ଗୁମାଲଦାନୀ ଲୋକ ସେମାନଙ୍କୁ ଗ୍ରାମରୁ ତଡି ଦେଇଥିଲେ । ସେମାନେ ଜାଲିବିହାରୀ ଗାଟାରେ ଘର କରି ରହୁଥିଲେ। ମୃତ ଦମ୍ପତି ଗୁଣିଗାରେଡି କରୁଥିବାରୁ ଗୁମାଲଦାନୀ ଗ୍ରାମର ଲୋକଙ୍କ ଦେହ ଖରାପ ହେଉଛି ବୋଲି ଭାବି କିଛି ଗ୍ରାମବାସୀ ଗତ ଚାରି ତାରିଖରେ ବୈଠକ କରିଥିଲେ। ବୈଠକରେ ଘର ପିଛା ଦଶ ହଜାର ଟଙ୍କା ଆଦାୟ କରିବେ ବୋଲି ରାଜି ହୋଇଥିଲେ । ଏଥିରେ ଗ୍ରାମବାସୀ ମୁଖ୍ୟ ଅଭିଯୁକ୍ତ ସୁନୀଲର ସାହାରା ନେଇଥିଲେ। ଯୋଜନା ଅନୁସାରେ ସୁନୀଲ ଗତ ସାତ ତାରିଖ ରାତିରେ ଫୁଲବାଣୀରୁ ଆସିଥିଲା। ବତାସୀଙ୍କ ଘର ପାଖକୁ ଯାଇ ମାଆ ଦେହ ଖରାପ ଅଛି କହି ଡାକି ଆଣିଥିଲା । ହାତୁଡିରେ ବତାସୀର ମୁଣ୍ଡ ଓ ମୁହଁକୁ ପିଟିପିଟି ହତ୍ୟା କରିଥିଲା। ସେଠାରୁ ତାହିରା ପାଖକୁ ଯାଇଥିଲା। ତେବେ ସୁନୀଲକୁ ଦେଖି ତାହିରା ଦୌଡି ପଳାଇବା ଉଦ୍ୟମ କରିଥିବା ବେଳେ ଅଭିଯୁକ୍ତ ହାତରୁ ବର୍ତ୍ତି ପାରିନଥିଲା। ଅଭିଯୁକ୍ତ ସେହି ହାତୁଡିରେ ତାହିରାଙ୍କ ମୁଣ୍ଡକୁ ପିଟି ପିଟି ହତ୍ୟା କରିଥିଲା ଓ ସେହି ଜାଗାରେ ହାତୁଡିକୁ ଫିଙ୍ଗି ପଳାଇଥିଲା । ମାଓପ୍ରବଣ ଇଲାକା ହୋଇଥିବାରୁ ଏହା ଏହା ମାଓବାଦୀଙ୍କ କାଣ୍ଡ ବୋଲି ପ୍ରଥମେ ଆଲୋଚନା ହୋଇଥିଲା । ତେବେ ପୁଲିସ ଏହା ଗୁଣିଗାରେଡି ଯୋଗୁଁ ହୋଇଥିବା ପ୍ରଥମରୁ ହିଁ ସ୍ପଷ୍ଟ କରିଥିଲା ।

## ପୁରୀରେ ବସିଲା ବିଜେଡ଼ିର ଗୁପ୍ତ ବୈଠକ, ଡିଲ୍ ଫାଇନାଲ୍ !

ଭୁବନେଶ୍ୱର,୧୯।୩(ପି.ଏନ): ଦୁଇ ନେତାଙ୍କ କଳି ସମାଧାନ ହେଲା ! ଚଳିତ ନିର୍ବାଚନରେ ବ୍ରହ୍ମଗିରିରୁ ଲ?ିପାରନ୍ତି ସତ୍ୟବାଦୀ ବିଧାୟକ ଉମା ସାମନ୍ତରାୟ । ଆଉ ବ୍ରହ୍ମଗିରିର ପୂର୍ବତନ ବିଧାୟକ ସଞ୍ଜୟ ଦାସବର୍ମା ସତ୍ୟବାଦୀରୁ ପ୍ରାର୍ଥୀ ହେବା ଏକ ପ୍ରକାର ଫାଇନାଲ୍ ? ବୋଲି ଚର୍ଚ୍ଚା ହେଉଛି।



ଆଜି ପୁରୀରେ ବସିଥିବା ଗୁପ୍ତ ବୈଠକରେ ଏନେଇ ଡିଲ୍ ଫାଇନାଲ୍ ହୋଇଥିବା ଆଲୋଚନା ହେଉଛି। ସୋମବାର ନବୀନ ନିବାସରେ ବସିଥିଲା ଗୁରୁତ୍ୱପୂର୍ଣ୍ଣ ବୈଠକ। ବୈଠକରେ ପୁରୀ ଲୋକସଭା ଓ ସମସ୍ତ ବିଧାନସଭା ନିର୍ବାଚନମଣ୍ଡଳୀ ଉପରେ ଆଲୋଚନା ଏବଂ ଚର୍ଚ୍ଚା ହୋଇଥିଲା। ନବୀନ ନିବାସରେ ମାନସମନ୍ଥନ ପରେ ଆଜି ପୁରୀରେ ଏକ ହୋଟେଲ୍ ?ରେ ବସିଥିଲା ଏକ ଗୁପ୍ତ ବୈଠକ। ଏଥିରେ ଅରୂପ ପଟ୍ଟନାୟକ, ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆ, ଉମା ସାମନ୍ତରାୟ ଓ ସଞ୍ଜୟ ଦାସବର୍ମା ପ୍ରମୁଖ ଉପସ୍ଥିତ ଥିଲେ।









## ଟି ଟାଇମ୍

# ପ୍ଲାଷ୍ଟିକ୍ ବେବି



ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ଓ୍ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା’ ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା’ ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍‍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା’ ବହୁତ ଚିନ୍ତିତ ଅଛନ୍ତି ।

# ଅଜବ ବନ୍ଧୁତା

ଅନେକ ଲୋକ ଅଛନ୍ତି ଯେଉଁମାନେ ସେମାନଙ୍କ ପୋଷା ଜୀବ ବିନା ମୁହୂର୍ତ୍ତେ ବଞ୍ଚିବାକୁ ଇଚ୍ଛା କରନ୍ତି ନାହିଁ । ଇଣ୍ଡୋନେସିଆର ସୁରାବାୟା ସହରରେ ରହୁଥିବା ହାଣ୍ଡାକୋ ନଜୋଟୁକାସାମା ତାଙ୍କର ପୋଷା କୁକୁର ଗୁଡିକୁ ତାଙ୍କୁ ପୁଅ ଝିଅ ପରି ଭଲ ପାଆନ୍ତି । ସେ ଯୁଆଡେ ଯାଆନ୍ତି କୁକୁର ଦୁଇଟିକୁ ସଙ୍ଗରେ ନେଇ ଯାଆନ୍ତି । ସେ ଏହି କୁକୁରଗୁଡିକର ସୁରକ୍ଷା ଓ ଷ୍ଟାଇଲର ପୁରାପୁରି ଯତ୍ନ ନିଅନ୍ତି । ସେ ସ୍କୁଟିରେ କୁକୁର ଦୁଇଟିକୁ ନେବା ସମୟରେ ମୁଣ୍ଡରେ ସେମାନଙ୍କୁ ହେଲମେଟ ଓ ଆଖିରେ ଚଷମା ପିନ୍ଧନ୍ତି ।

## ପୁରାଣ କାହାଣୀ

# ଅଂହକାରରୂପୀ ସାପ



ମହାରାଷ୍ଟ୍ରର ସନ୍ଥ ଜ୍ଞାନେଶ୍ୱର, ନାମଦେବ ଓ ମୁକ୍ତାବାଇଙ୍କ ସହ ତର୍ଥୀ କରି ପ୍ରସିଦ୍ଧ ସନ୍ଥ ଗୋରାଙ୍କ ନିକଟରେ ପହଂଚିଲେ । ସନ୍ଥ ସମାଗମ ହେଲା, ଚର୍ଚ୍ଚ ଚାଲିଲା । ତବସ୍ୱନୀ ମୁକ୍ତାବାଈ ପାଖରେ ପଡିଥିବା ଏକ ବାଡ଼ିକୁ ଲକ୍ଷ୍ୟ କରି ଗୋରା କୁମ୍ଭାରଙ୍କୁ ପଚାରିଲେ ଇଏ କାଣ ? ଗୋରା ଉତ୍ତର ଦେଲେ ମାଠିଆ ପାକଳ ହୋଇଛି କି କଂଚା ଅଛି, ଜାଣିବା ପାଇଁ ଏହି ବାଡିରେ ଯାଂଚ କରେ । ମୁକ୍ତାବାଇ ହସିଦେଇ କହିଲେ ଆମେ ବି ତ ମାଟିର ପାତ୍ର । ଏଥିରେ ଆମକୁ ଯାଂଚ କରିପାରିବ ? ହଁ କାହିଁକି ନୁହେଁ, କହି ଗୋରା ଉଠିଲା ଏବଂ ସେଠାରେ ଉପସ୍ଥିତ ପ୍ରତ୍ୟେକ ମହାତ୍ମାଙ୍କ ମୁଣ୍ଡକୁ ବାଡ଼େଇଲେ । ସେମାନଙ୍କୁ ମଧ୍ୟରୁ କିଛି ଏଥିରେ ଖୁସି ହେଲେ , ଆଉ କିଛି ସାଧୁଙ୍କୁ ଏହା ରହସ୍ୟ ମନେହେଲା । କିନ୍ତୁ ନାମଦେବଙ୍କୁ ଖରାପ ଲାଗିଲା । ଜଣେ କୁମ୍ଭାର ତାଙ୍କ ଭଳି ସନ୍ଥଙ୍କୁ ବାଡ଼ିରେ ପରୀକ୍ଷା କରୁଛି, ଏହା ତାଙ୍କର ପସନ୍ଦ ହେଲା ନାହିଁ । ତାଙ୍କ ଚେହେରାରେ କ୍ରୋଧ ସ୍ପଷ୍ଟ ବାରି ହେଉଥିଲା। ନାମଦେବଙ୍କ ପାଳି ପଡ଼ିଲା । ଗୋରା ତାଙ୍କ ମୁଣ୍ଡରେ ରଖି କହିଲା ଏ ପାତ୍ର କଂଚା ଅଛି । ତା ପରେ ନାମଦେବଙ୍କୁ ଧୀର ସ୍ୱରରେ କହିଲେ ତପସ୍ୱୀ ଶ୍ରେଷ୍ଠ, ଆପଣ ନିଶ୍ଚୟ ସନ୍ଥ କିନ୍ତୁ ଆପଣଙ୍କର ହୃଦୟରେ ଅହଂକାର ରୂପୀ ସାପ ଏବେ ବି ମରିନାହିଁ । ସେଥିପାଇଁ ମାନ ଆପମାନ ଆନକୁ ଆପଣଙ୍କ ଧ୍ୟାନ ତୁରନ୍ତ ଚାଲିଯାଉଛି । ଯେତେବେଳେ ଜଣେ ସଦ୍‌ଗୁରୁ ଆପଣଙ୍କ ମାର୍ଗଦର୍ଶନ କରିବେ, ଏସାପ ସେତେବେଳ ମରିବ । ସନ୍ଥ ନାମଦେବ ବୁଝିପାରିଲେ । ନିଜ ଭିତରେ ଅହଂକାର ମରିଗଲା । ନାମଦେବଙ୍କୁ ଆଜି ସମସ୍ତେ ଜାଣନ୍ତି, କିନ୍ତୁ ମୂଳଦୁଆ ତଳ ପଥର ଭଳି ଲୋକଙ୍କ ଆଖିରୁ ଦୁରେଇ ଯାଇଛନ୍ତି ଗୋରା । ନାମଦେବଙ୍କୁ ଅଂହକାରମୁକ୍ତ କରିବାରେ ତାଙ୍କର ସବୁଠୁ ବନ ଯୋଗଦାନ ଥିଲା । ପ୍ରକୃତରେ କହିବାକୁ ଗଲେ ନାମଦେବଙ୍କ ଅସଲ ଗୁରୁ ଗୋରା । ତାଙ୍କ କଥାରେ ନାମଦେବ ବିଠୋବା ଖେଚରଙ୍କଠୁ ଦୀକ୍ଷା ନେଲେ ।

# ୨୮ ବର୍ଷ ପରେ ସନ୍ତାନ



ଇଟାଲିର ଛୋଟ ସହର ଓସଟାନାରେ ୧୯୮୭ ପରେ ପ୍ରତମ ଡର ଶିଶୁର କାନ୍ଦ ସ୍ୱର ଶୁଣିବାକୁ ମିଳିଛି । ପାବ୍‌ଲୋ ନାମକ ଏହି ଶିଶୁ ତୁରିନ୍ ହସ୍ପିଟାଲ୍‌ରେ ଜନ୍ମ ହୋଇଛି । ତାର ଜନ୍ମ ପରେ ସମଗ୍ର ଅଂଚଳରେ ଖୁସିର ଲହରୀ ଖେଳିଯାଇଛି, ବେଶ ଧୂମଧାମ୍‌ରେ ଉତ୍ସବ ପାଳିତ ହୋଇଛି । ଓସଟାନାର ଲୋକସଂଖ୍ୟା ୮୪ । ଏବେ ଏହି ସଂଖ୍ୟା ୮୫ ହୋଇଛି । ପିଡ୍‌ମଂଟ ଅଂଚଳରେ ପାହାନ ମଝିରେ ସ୍ଥିତ ଓସଟାନାର ମେୟର୍ ଗିୟାକୋମା ଲୋମ୍‌ବାରଡୋ ଏ ନେଇ ବହୁତ ଖୁସି । ଦୀର୍ଘ ଦିନର ସ୍ୱପ୍ନ ସତ ହୋଇଛି ବୋଲି ସେ କହିଛନ୍ତି । ଉନବିଂଶ ଶତାବ୍ଦୀ ଆରମ୍ଭରେ ୧ ହଜାର ଲୋକ ଏଁଠାରେ ବାସ କରୁଥିଲେ । ଧୀରେ ଦୀରେ ଜନସଂଖ୍ୟା କମିଲା । ୧୯୭୫ରେ ଜନ୍ମହାର ବହୁତ କମିଲା । ୧୯୭୬ ଓ ୧୯୮୭ ମଧ୍ୟରେ ୧୭ ପିଲା ଜନ୍ମ ହୋଇଥିଲେ । ଏହି ସମସ୍ୟାରୁ ମୁକୁଳିବା ପାଇଁ ଓସଟାନା ନୂଆ ଚାକିରି ସୃଷ୍ଟି କରିବାକୁ ଯୋଜନା କରୁଛି । ସହରର ପରମ୍ପରା ରକ୍ଷା କରିବା ପାଇଁ ଏହାର ପ୍ରବେଶ ଦ୍ୱାରରେ ଏକ ବଗ ମଡେଲ ନିର୍ମିତ ହୋଇଛି । ତା ଥଂଟରେ ନୀଳ ରଙ୍‌ଗର ଗୋଟିଏ ଛୋଟ ବିଡ଼ା ଅଛି ।

# ଭୋଡକା ନେଲା ଜୀବନ



ଜୋସରେ ଆସି ହୋସ ଉଡାଇବା ଅନୁଚିତ । ବ୍ରାଜିଲର ବାଉର ମସକିଟୋ ୟୁନଭରସିଟିର ଛାତ୍ର ସାଙ୍ଗମାନଙ୍କ ସହ ମିଶି ଭୋଡକା ପିଇବାର ବାଜି ଲଗାଇଥିଲେ । ୨୩ ବର୍ଷୀୟ ହମବ୍ରୋଟ ମୁର ଫୋନସକା ୧ ମିନିଟରେ ୨୫ ଭୋଡକା ସୋଟସ ପିଇଥିଲେ । ହମବ୍ରୋଟଙ୍କଠାରୁ ଅନ୍ୟ କେହି ଶୀଘ୍ର ପିଇ ପାରିନଥିଲେ । ୨୫ଟି ଭୋଡକା ପିଇବା ପରେ ଜ୍ୱର ହେବା ପରି ଅନୁଭବ କରିଥିଲେ । ନିଶା ଅଧିକ ହୋଇ ଯାଇଥିବାରୁ ସେ ଅଚେତ ହୋଇପଡିଥିଲେ । ହମବ୍ରୋଟଙ୍କ ଅନ୍ୟ ସାଙ୍ଗମାନେ ବାନ୍ତି କରିବାରେ ଲାଗିଲେ । ସ୍ୱାସ୍ଥ୍ୟବସ୍ଥା ଖରାପ ହେବାରୁ ଆମ୍ବୁଲାନ୍ସ ଡାକିବାକୁ ପଡିଥିଲା । ଭୋଟକା ପିଇଥିବା ସମସ୍ତ ଛାତ୍ରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । କିନ୍ତୁ ହମବ୍ରୋଟଙ୍କ ହସ୍ପିଟାଲ ଯିବା ରାସ୍ତାରେ ମୃତ୍ୟୁ ହୋଇଥିଲା ।

# ଆଜିର ଭାଗ୍ୟ

**ମେଷ**
କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ**
ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ**
କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ**
ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ**
ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା**
ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା**
ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା**
ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ**
ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର**
କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ**
ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ**
କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# କୁକୁରଙ୍କୁ ଅପମାନିତ କଲେ ଜେଲ



ଥାଇଲ୍ୟାଣ୍ଡରେ ରାଜକୀୟା ନିନ୍ଦାକୁ ନେଇଁ ସେଠାରେ ଭିନ୍ନ ଭିନ୍ନ କଠୋର ଦଣ୍ଡର ବ୍ୟବସ୍ଥା ରହିଥିବାର ଦେଖିବାକୁ ମିଳିଥାଏ । ବର୍ତ୍ତମାନ ଏକ ରାଜବଂଶର ଅପମାନକୁ ନେଇଁ ଜଣେ ବ୍ୟକ୍ତିଙ୍କୁ ଜେଲ୍ ହୋଇଗଲା କାରଣ ସେ ରାଜାଙ୍କ କୁକୁରକୁ ଅପମାନି ତ କରିଥିଲେ । ଓକିଲ ପାବିନି ଚମଶ୍ରୀଙ୍କ ମତରେ ୨୭ବର୍ଷୀୟ ଥନାକୋର୍ଣ୍ଣ ସିରିପାଇବୁନ୍ ନାମକ ଜଣେ ବ୍ୟକ୍ତି ସୋସିଆଲ୍ ସାଇଟ୍ ଫେସ୍‌ବୁକ୍‌ରେ ରାଜା ଏବଂ ତାଙ୍କର କୁକୁରକୁ ନେଇଁ ଏକ ବ୍ୟଙ୍ଗାତ୍ମକ ଟିପ୍ପଣୀ ଦେଇଥିଲେ । ଫେସ୍‌ବୁକ୍‌ରେ ଛଅ ଡିସେମ୍ବରକୁ ପୋଷ୍ଟ କରାଯାଇଥିଲା ସର୍ବମୋଟ ତିନୋଟି ଫଟୋ । ଏହି ଅପଲୋଡ୍ କରାଯାଇଥିବା ଫଟୋ ମଧ୍ୟରେ ରାଜାଙ୍କର କୁକୁର ଉପରେ ବ୍ୟଙ୍ଗ କରାଯାଇଥିଲା । ଏହାପରେ ପୋଲିସ ବ୍ୟଙ୍ଗ ଟିପ୍ପଣି ଦେଇଥିବା ଉକ୍ତ ବ୍ୟକ୍ତି ଜଣଙ୍କୁ ଗିରଫ କରେଇନେଇଥିଲା । ଫେସ୍‌ବୁକ୍‌ରେ ରାଜାଙ୍କର ପରିହାସ କରିଥିବା ଫଟୋକୁ ଲାଇକ୍ କରିବା ଏବଂ ତାକୁ ସେୟାର କରିବା ଓ ଭ୍ରଷ୍ଟାଚାର ବଢେଇବା ମାମଲାରେ ଏକ ଇନ୍‌ଫୋଗ୍ରାଫ ସେୟାର କରିବା ମାମଲାରେ ରାଜଦ୍ରୋହି, ରାଜ ନିନ୍ଦା ଏବଂ କମ୍ପୁଟର ଅପରାଧର ମାମଲା ବି ଦାଖଲ କରାଯାଇଛି । ଏହି ମାମଲାରେ ୩୭ବର୍ଷ ପର୍ଯ୍ୟନ୍ତ ଜେଲ ହୋଇପାରେ । ଥାଇଲ୍ୟାଣ୍ଡ ସେହି ଦେଶମାନଙ୍କ ମଧ୍ୟରେ ଗଣାଯାଏ ଯେଉଁଠାରେ ରାଜ ନିନ୍ଦାକୁ ନେଇ ଆଇନ ଲାଗୁ ହୋଇଥାଏ । ରାଜା, ରାଣୀ କିମ୍ବା ତାଙ୍କର କୌଣସି ରାଜକୀୟ ମାମଲାକୁ ନେଇଁ ପ୍ରତ୍ୟେକ ମମଲାର ଦୋଷୀମାନଙ୍କୁ ୧୫ବର୍ଷର ଜେଲ୍ ଦଣ୍ଡା ଦେଶ ହେବାର ନିୟମ ରହିଥାଏ ।

# କର୍କଟ ରୋଗୀଙ୍କୁ କେଶ ଦାନ

ମୁମ୍ବାଇର ପ୍ରାୟ ୫୨ ଯୁବତୀ ସେମାନଙ୍କର କେଶ କର୍କଟ ଗୋଗୀଙ୍କର କେଶ କର୍କଟ ଗୋଗୀଙ୍କୁ ଦାନ କରିଛନ୍ତି । କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସ୍ଥାନୀୟ ପେଦାର୍ ରୋଡ଼ ସ୍ଥିତ ଯଶଲୋକ ଡାକ୍ତରଖାନା ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି । କର୍କଟ ପୀଡ଼ିତମାନେ ହଠାତ୍ ନିଜର ଶାରୀରିକ ପରିବର୍ତ୍ତନକୁ ଗ୍ରହଣ କରିପାରନ୍ତି ନାହିଁ । ଫଳରେମାନସିକ ଦୁଶ୍ଚିନ୍ତା ଓ ଅବସାଦର ଶିକାର ହୁଅନ୍ତି । ଡାକ୍ତରକାନା ସହ ହେୟାର୍ ଷ୍ଟାଇଲିଶ ସପ୍‌ନା ଭବାନାନୀ ସାମିଲ ହୋଇଛନ୍ତି । କେଶ ଦାତାଙ୍କୁ ସେ ନୂଆ ଲୁକ୍ ଦେଇଛନ୍ତି । ଦାନ କରାଯାଇଥିବା କେଶକୁ କର୍କଟ ରୋଗୀଙ୍କ କଲ୍ୟାଣ ପାଇଁ କାର୍ଯ୍ୟରତ ଏକ ଏନ୍‌ଜିଓରେ ପ୍ରଦାନ କରାଯାଇଛି । ଏହା କେଶରେ ୱିଗ୍ ତିଆରି କରି କର୍କଟ



ରୋଗୀଙ୍କୁ ଦିଆଯିବ । କେଶ ଦାନ କରିଥିବା ୨୧ ବର୍ଷୀୟ ସ୍ନେହ ଶେଟ୍ଟୀ କହନ୍ତି ମୋ କେଶ ପାଇଥିବା ମହିଳା ଏବେ ଖୁସି ହୋଇପାରିବେ ଏବଂ ପୂର୍ବ ଭଳି ପୁଣି ଥରେ ସୌନ୍ଦର୍ଯ୍ୟ ଫେରିପାଇଥିବେ ।

# ୬ବର୍ଷ ବୟସରୁ ଦିଆଯାଏ ଶାରିରୀକ ସମ୍ପର୍କ ରଖିବାର ଶିକ୍ଷା



ପାପୁଆ ନ୍ୟୁ ଗିନି ସାଧାରଣତଃ ୬/୭ବର୍ଷ ବୟସର ଶିଶୁମାନେ ନିଜକୁ ପାଠ ପଢା ଓ ଖେଳ କୁଦରେ ମସଗୁଲ ରଖିଥାନ୍ତି। ହେଲେ ଏପରି ଏକ ଜନଜାତି ଆଜି ବି ପୃଥିବୀ ପୃଷ୍ଟରେ ବାସ କରୁଛନ୍ତି ଯେଉଁମାନେ ସେମାନଙ୍କର ପିଲାମାନଙ୍କୁ ୬ବର୍ଷ ବୟସରୁ ଶାରିରୀକ ସମ୍ପର୍କ ରକ୍ଷା କରିବାର ଶିକ୍ଷା ପ୍ରଦାନ କରିଥାନ୍ତି। ଏହି ଜନଜାତି ହେଉଛନ୍ତି ପାପୁଆ ନ୍ୟୁ ଗିନିରେ ରହୁଥିବା ଟ୍ରୋବ୍ରିଆଣ୍ଡ। ୬ବର୍ଷ ବୟସରୁ ସେମାନଙ୍କୁ ଏହି ଶିକ୍ଷା ଦେବାପରେ ୧୦ବର୍ଷ ବୟସରୁ ସେମାନଙ୍କୁ ବିବାହ ବନ୍ଧନରେ ବାନ୍ଧିଥାନ୍ତି। ଏହି ଜନଜାତିର ଅଭିଭାବକମାନେ ସେମାନଙ୍କର ଶିଶୁମାନଙ୍କୁ କିପରି ଶାରିରୀକ ସମ୍ପର୍କ ରକ୍ଷା କରାଯିବ ତା’ର ପ୍ରଶିକ୍ଷଣ ଦିଅନ୍ତି। ପୁଅ ଓ ଝିଅ ମନୋନୀତ କରିବା ଏହା ଉଭୟ ପରିବାରର ସହମତିରେ ହିଁ ହୋଇଥାଏ। ସାଧାରଣତଃ ଯେଉଁ ପୁଅ ଝିଅଙ୍କ ମଧ୍ୟରେ ଶାରିରୀକ ସମ୍ପର୍କ ପାଇଁ ଅଭିଭାବକମାନେ ସହଯୋଗ ଯୋଗାଇଥାନ୍ତି ସେମାନଙ୍କ ମଧ୍ୟରେ ହିଁ ହୁଏ ବିବାହ। ଅନେକ ବର୍ଷ କାଳରୁ ଏହି ପରମ୍ପରା ଚାଲିଆସୁଛି। ସେହିପରି ଜନଜାତିର ଅନେକ ଅଜବ ନିୟମ ଆଜି ବି ରହିଛି। ଯେଉଁ କାରଣରୁ ଏହି ଆଇଲାଣ୍ଡରେ ରହୁଥିବା ଜନଜାତିଙ୍କୁ ନ୍ତଫ୍ରି ଲଭ କମ୍ୟୁନିଟଓ’ କୁହାଯାଏ। ବର୍ତ୍ତମାନ ଏହି ଜନଜାତିଙ୍କ ସଂଖ୍ୟା ୧୨ହଜାର ଥିଲା ବେଳେ ବାହାର ଦୁନିଆ ସହ ସେମାନଙ୍କ ଯୋଗାଯୋଗ ଆଦୌ ନାହିଁ କହିଲେ ଚଳେ।




## ଗ୍ୟାସ ଆଧାରିତ ଭିତିଭୂମି ନିର୍ମାଣ ଦିଗରେ ଭାରତ ଅଗ୍ରସର : ଧର୍ମେନ୍ଦ୍ର ପ୍ରଧାନ

ନୂଆଦିଲ୍ଲୀ/ଭୁବନେଶ୍ୱର, (ପିଏନ)- ଦେଶର ତୈଳ ଏବଂ ଗ୍ୟାସ ରାଷ୍ଟ୍ରାୟତ ଉଦ୍ୟୋଗ(ପିଏସୟୁ) ଓ ସେମାନଙ୍କ ଯୌଥ ଉଦ୍ୟୋଗ ସାହାଯ୍ୟରେ ଗ୍ୟାସ ଆଧାରିତ ଭିତିଭୂମି ନିର୍ମାଣ ଦିଗରେ ଭାରତ ଅଗ୍ରସର ବୋଲି ଆଜି ଭିଡିଓ କନଫରେନ୍ସିଂ ଯୋଗେ ରାଷ୍ଟ୍ର ଉଦ୍ଦେଶ୍ୟରେ ୫୬ଟି ସିଏନଜି ଷ୍ଟେସନ ଲୋକାର୍ପଣ କରିବା ଅବସରରେ କହିଛନ୍ତି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ। ଲୋକାର୍ପିତ ସିଏନଜି ଷ୍ଟେସନ ଭାରତର ସ୍ୱଚ୍ଛ ଓ ସବୁଜ ଭବିଷ୍ୟତ ଗଠନ ଦିଗରେ ଥିବା ପ୍ରଚେଷ୍ଟାକୁ ସଶକ୍ତ କରିବ ବୋଲି ଶ୍ରୀ ପ୍ରଧାନ କହିଛନ୍ତି। ଶ୍ରୀ ପ୍ରଧାନ କହିଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଜଳବାୟୁ ନ୍ୟାୟକୁ ନିଶ୍ଚିତ କରିବା ଓ ସମସ୍ତଙ୍କ ପାଇଁ ସୁଲଭ ମୂଲ୍ୟରେ ସ୍ୱଚ୍ଛ ଇନ୍ଧନ ଯୋଗାଇଦେବା ପାଇଁ ଦୃଢ ନିଶ୍ଚିତ । ଆଜି ରାଷ୍ଟ୍ର ଉଦ୍ଦେଶ୍ୟରେ ଅନେକ ସିଏନଜି ଷ୍ଟେସନ ଲୋକାର୍ପିତ କରାଯାଇଛି । ସେ କହିଛନ୍ତି ଆଗାମୀ ଦିନରେ ଭାରତକୁ ଗ୍ୟାସ ଆଧାରିତ ଅର୍ଥନୀତିରେ ପରିଣତ କରାଯିବା ପାଇଁ ଚେଷ୍ଟା କରାଯାଉଛି। ଦେଶର ୫ କୋଟି ଘରକୁ ପାଇପ ଯୋଗେ ପ୍ରାକୃତିକ ଗ୍ୟାସ ପହଁଚାଇବାର ଲକ୍ଷ୍ୟ ରଖାଯାଇଛି । ସେହିପରି ସ୍ୱର୍ଣ୍ଣ ଚତୁର୍ଭୁଜରେ ୧୦୦ ଏଲ୍ଏନ୍‌ଜି ଷ୍ଟେସନ ପ୍ରତିଷ୍ଠା କରିବାକୁ ହୋଇଥିବା ଯୋଜନା ସ୍ୱଚ୍ଛ ଇନ୍ଧନ ବ୍ୟବହାରରେ ନୂଆ ମାପଦଣ୍ଡ ଆଣିବ। ଏହାସହ ସାରା ଦେଶରେ ୫୦୦୦ କମ୍ପ୍ରେସଡ୍ ବାୟୋ ଗ୍ୟାସ ପ୍ଲାଂଟ୍ ପ୍ରତିଷ୍ଠା କରିବା ଦିଗରେ ଭାରତ ସରକାର ଅଗ୍ରସର ବୋଲି ଶ୍ରୀ ପ୍ରଧାନ କହିଛନ୍ତି। ଭାରତ ସରକାର ପ୍ରାକୃତିକ ଗ୍ୟାସକୁ ପ୍ରୋତ୍ସାହନ ଦେବା ଦିଗରେ କାମ କରୁଛନ୍ତି । ୨୦୩୦ ସୁଦ୍ଧା ପ୍ରାକୃତିକ ଗ୍ୟାସର ସେୟାରକୁ ବର୍ତମାନର ୬.୩ ପ୍ରତିଶତରୁ ୧୫ ପ୍ରତିଶତ କରାଯିବାର ଲକ୍ଷ୍ୟ ରଖାଯାଇଛି। ବର୍ତମାନ ଦେଶରେ ପ୍ରାୟ ୧୭ ହଜାର କିମି ଲମ୍ବ ଗ୍ୟାସ ପାଇପଲାଇନର ନିର୍ମାଣ କାମ ଚାଲୁଛି। ପରିବେଶ ସହଯୋଗୀ ଇନ୍ଧନ ଉପଲବ୍ଧ କରିବା ପାଇଁ ସିଜିଡି ନେଟୱାର୍କର ସଂପ୍ରସାରଣ କରାଯାଉଛି । ଘର, ଶିଳ୍ପ ଏବଂ ବାଣିଜ୍ୟିକ କେନ୍ଦ୍ର ଏବଂ ସିଏନଜି ପରିବହନ କ୍ଷେତ୍ର ପାଇଁ ପ୍ରାକୃତିକ ଗ୍ୟାସ ଯୋଗାଯାଉଛି । କମ୍ପ୍ରେସଡ୍ ବାୟୋ-ଗ୍ୟାସ(ସିବିଜି) ଏବଂ ଜୈବଖତ ଉତ୍ପାଦନ କରି ଉଦ୍ୟମୀ ମାନଙ୍କୁ ପ୍ରୋତ୍ସାହନ ଦେବା ପାଇଁ ବିଭିନ୍ନ ପଦକ୍ଷେପ ନିଆଯାଇଛି।

ଶ୍ରୀ ପ୍ରଧାନ କହିଛନ୍ତି ଚୀନ ଏବଂ ଆମେରିକା ପରେ ଦ୍ୱିତୀୟ ବୃହତମ ଜନସଂଖ୍ୟା ଆଧାରରେ ଭାରତ ତୃତୀୟ ସର୍ବବୃହତ ଉର୍ଜା ଉପଭୋକ୍ତା ରାଷ୍ଟ୍ର । ବିଶ୍ୱରେ ଅଧିକ ଉର୍ଜା ବ୍ୟବହାର କରିଥିବା କ୍ଷେତ୍ରରେ ଭାରତରେ ଉର୍ଜା ଉପଭୋକ୍ତା ଏବଂ ଉର୍ଜା ଚାହିଦା ଦ୍ରୁତ ଗତିରେ ବୃଦ୍ଧି ପାଉଛି। ଦେଶର ପ୍ରଦୂଷଣକୁ ହ୍ରାସ କରିବା ଦିଗରେ ଦେଶର ପ୍ରଧାନମନ୍ତ୍ରୀ କାର୍ଯ୍ୟ କରୁଛନ୍ତି ।

ଉର୍ଜା ବ୍ୟବସାୟରେ ନୂଆ ନିବେଶକଙ୍କ ପାଇଁ ନୀତି ସଂସ୍କାର ଅଣାଯାଇଛି । ଏହି ଅବସରରେ ଶ୍ରୀ ପ୍ରଧାନ ମାର୍କେଟିଂ କମ୍ପାନୀଙ୍କ ଭବିଷ୍ୟତକୁ ଦୃଷ୍ଟିରେ ରଖି କାମ କରିବା ପାଇଁ ଆହ୍ୱାନ କରିଛନ୍ତି । ଏହା ଦ୍ୱାରା ଉର୍ଜା କ୍ଷେତ୍ରରେ ଅଧିକ ପ୍ରତିଯୋଗିତା ବଢିବ ଏବଂ ଉପଭୋକ୍ତାଙ୍କ ପାଇଁ ସଠିକ୍ ମୂଲ୍ୟ ନିର୍ଣ୍ଣୟ କରିବ ବୋଲି କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ କହିଛନ୍ତି ।

## ଶ୍ରମିକଙ୍କୁ ରୋଜଗାର ଓ ସହାୟତା ପ୍ରଦାନ ପାଇଁ ବିଏମଏସର ଦାବି

କେନ୍ଦ୍ରାପଡା, (ପିଏନ)- କୋଭିଡ-୧୯ କରୋନା ମହାମାରୀ ପାଇଁ ଦୀର୍ଘ ୭ ମାସରୁ ଉର୍ଦ୍ଧ୍ୱ ହେବ ଜିଲ୍ଲାରେ ମଜଦୁର ମାନେ ବେରୋଜଗାର ହୋଇ ବସି ରହିଛନ୍ତି । ଏହି ବେରୋଜଗାରୀ ମଜଦୁର ମାନଙ୍କୁ ରୋଜଗାର ଓ ସହାୟତା ପ୍ରଦାନ ପାଇଁ ଭାରତୀୟ ମଜଦୁର ସଂଘ (ବିଏମଏସ) ତରଫରୁ ଦାବି କରାଯାଇଛି । ସଂଘର ସଭାପତି ପ୍ରଭାତ କୁମାର ପାଣିଙ୍କ ନେତୃତ୍ୱରେ ଶତାଧିକ ମଜଦୁର ମାନେ ଜିଲ୍ଲା ଶ୍ରମ ଅଧିକାରୀ ଓ ଜିଲ୍ଲାପାଳଙ୍କୁ ଭେଟି ଦାବି କରିବା ସହିତ ମାନ୍ୟବର ମୁଖ୍ୟମନ୍ତ୍ରୀ ଓ ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ୫ଦଫା ଦାବିପତ୍ର ପ୍ରଦାନ କରିଛନ୍ତି ।

## ଅଘୋଷିତ ବିଦ୍ୟୁତ କାଟ ଓ ବିଲ୍ ଛାଡ଼ ଲାଗି କାର୍ଯ୍ୟାଳୟ ଘେରିଲେ

କୋରେଇ, (ପିଏନ)- ଯାଜପୁର ରୋଡ୍ ସବଡ଼ିଭିଜନ ଅଧିନସ୍ଥ ପାଣିକୋଇଲି ବିଦ୍ୟୁତ ସେକ୍ସନର ଦାୟିତ୍ୱହୀନତା ଓ କରୋନା ସହିତ ବନ୍ୟାରେ କ୍ଷତିଗ୍ରସ୍ଥ ହୋଇଥିବା ବଡ଼ବିରୁହାଁ ପଂଚାୟତ ଅଧିନସ୍ଥ ସୋଲପଟା ଗ୍ରାମର ଉପଭୋକ୍ତା ଗୁରୁବାର ଦିନ ପାଣିକୋଇଲି ବିଦ୍ୟୁତ ସେକ୍ସନକୁ ଘେରାଉ କରିଥିଲେ। ସେମାନଙ୍କର ଦାବି ମୁତାବକ କରୋନା ମହାମାରୀ ଯୋଗୁ ଜୀବିକା ହରାଇଥିବା ସହିତ ଚଳିତ ଖରସ୍ରୋତା ବନ୍ୟାରେ ତାଙ୍କର ଫସଲ ସମ୍ପୂର୍ଣ୍ଣ କ୍ଷତିଗ୍ରସ୍ତ ହୋଇଅଛି । ତା ଛଡ଼ା ବିଦ୍ୟୁତ କାର୍ଯ୍ୟାଳୟ ପକ୍ଷରୁ ପ୍ରତିମାସରେ ତାଙ୍କୁ ବିଲ ଦିଆଯାଉନାହିଁ କିମ୍ବା ବିଦ୍ୟୁତ ବିଲ ଆଦାୟ କରିବା ଲାଗି କୌଣସି କର୍ମଚାରୀ ଉକ୍ତ ଗ୍ରାମକୁ ଯାଉନାହାନ୍ତି । ଫଳରେ ଗ୍ରାମବାସୀଙ୍କ ଉପରେ ବିଦ୍ୟୁତ ବିଲ ବାକି ରହିଛି। ଏହା ଉପରେ ବିଭାଗ ତରଫରୁ କୌଣସି ପୂର୍ବ ସୂଚନା ପ୍ରଦାନ କରାନଯାଇ କିମ୍ବା କୌଣସି ଅଧିକାରୀ ତାଙ୍କର ସମସ୍ୟା ଉପରେ ଦୃଷ୍ଟି ନିକ୍ଷେପ ନକରି ତରବରିଆ ଭାବେ ସମ୍ପୂର୍ଣ୍ଣ ଗ୍ରାମକୁ ବିଦ୍ୟୁତ ସଂଯୋଗ ବିଚ୍ଛିନ୍ନ କରିଥିଲେ। ଉପଭୋକ୍ତା ମାନେ ଚାଷ ଲାଗି ପୁନର୍ବାର ଅଂଟା ଭିଡୁଥିବା ବେଳେ ବିଦ୍ୟୁତ ସଂଯୋଗ ବିଚ୍ଛିନ୍ନ ଯୋଗୁଁ ବୋରିଂ ଗୁଡ଼ିକ ବନ୍ଦ ହୋଇଯାଇଥିଲା। ଏହା ସହିତ ପିଲାମାନଙ୍କ ପାଠପଢା ଓ ଗ୍ରାମରେ କରୋନା ପିଡ଼ିତ ହୋମ କ୍ୱାରେଟାଂଇନରେ ରହୁଥିବା ବ୍ୟକ୍ତି ମାନେ ବିଦ୍ୟୁତ କାଟ ଯୋଗୁଁ ନାନା ଅସୁବିଧାର ସମ୍ମୁଖିନ ହୋଇଥିଲା। ଏ ଦିଗରେ ସେମାନେ ବିଭାଗର ଅଧିକାରୀ ଓ ଅଂଚଳର ଲାଇନମ୍ୟାନଙ୍କୁ ବାରମ୍ବାର ଫୋନ କଲେ ମଧ୍ୟ ସେମାନଙ୍କ ଠାରୁ କୌଣସି ଉତର ନମିଳିବାରୁ ସେମାନେ ଉତକ୍ଷିପ୍ତ ହୋଇ କାର୍ଯ୍ୟାଳୟ ଘେରାଉ କରିଥିଲେ। ଏହା ବ୍ୟତୀତ ବିଦ୍ୟୁତ ବିଭାଗ ତରଫରୁ ଲାଇନମ୍ୟାନଙ୍କ ସମେତ ବିଲ ଆଦାୟ ଓ ମିଟର ଲଗାଇବା ଲାଗି ଯାଉଥିବା ବ୍ୟକ୍ତି ମାନେ ତାଙ୍କୁ ଉତ୍କୋଚ ମାଗୁଥିବାର ଅଭିଯୋଗ ହୋଇଥିଲା। ଏ ଦିଗରେ ବିଭାଗ ତରଫରୁ ଉତ୍କୋଚ ମାଗିବା ନେଇ କୌଣସି ସ୍ପଷ୍ଟିକରଣ ଦିଆଯାଇନଥିବା ବେଳେ ସେମାନଙ୍କର ୭/୮ ମାସର ବିଦ୍ୟୁତ ବିଲ ବାକିଥିବା ଯୋଗୁଁ ଉପରିସ୍ଥ ଅଧିକାରୀଙ୍କ ନିର୍ଦ୍ଦେଶ ମୁତାବକ ବିଦ୍ୟୁତ ସଂଯୋଗ ବିଚ୍ଛିନ୍ନ କରାଯାଇଛି ବୋଲି ପାଲଟା ଅଭିଯୋଗ କରିଥିଲେ। ସେମାନେ ବିଦ୍ୟୁତ କାର୍ଯ୍ୟାଳୟ ଘେରାଉ କରିଥିଲେ ମଧ୍ୟ ବିଭାଗର କୌଣସି ଅଧିକାରୀ ସେମାନଙ୍କର ସମସ୍ୟା ସମାଧାନ କରିବା ଲାଗି ପହଂଚି ନଥିଲେ। ତେବେ କରୋନା ମହାମାରୀ ଯୋଗୁଁ ଦୀର୍ଘ ଛଅ ମାସ ହେଲା ରୋଜଗାର ହରାଇ ଘରେ ବସିରହିଥିବା ବେଳେ ବନ୍ୟା ସେମାନଙ୍କର ମେରୁଦଣ୍ଡକୁ ଦୋହଲାଇ ଦେଇଛି। ଏପରି ପରିସ୍ଥିତିରେ ବିଦ୍ୟୁତ ବିଭାଗ ପରିସ୍ଥିତିର ସାମନା କରିବା ଲାଗି ଉପଭୋକ୍ତାଙ୍କୁ ସହଯୋଗ କରିବା ପରିବର୍ତେ ସେମାନଙ୍କ ଉପରେ ଜୁଲମ କରିବା ବିଭାଗର ହିଟଲରୀ ଶାସନର ପରିଚୟ ଦେଉଛି। ତେଣୁ ଏ ଦିଗରେ ସରକାର ପଦକ୍ଷେପ ସ୍ୱରୂପ ବିଦ୍ୟୁତ ବିଲ ସମ୍ପୂର୍ଣ୍ଣ ଛାଡ଼ କରିବା କିମ୍ବା ପରିଶୋଧ ଲାଗି ସମୟ ଦେବା ସହିତ ଲୋଭୋଲଟେଜ ଓ ଉତ୍କୋଚ ସମସ୍ୟା ପ୍ରତି ଗୁରୁତ୍ୱାରୋପ ନକଲେ ଆଗାମୀ ଦିନରେ ଆଇନକୁ ହାତକୁ ନେବୁ ବୋଲି ଗ୍ରାମବାସୀ ମାନେ ଚେତାବନୀ ଦେଇଛନ୍ତି।

## ଆଖଣ୍ଡଳମଣିଙ୍କ ମନ୍ଦିରରେ ଜୟଦୁର୍ଗାଙ୍କ ଷୋଡଶ ଦିବସୀୟ ପୂଜା ଆରମ୍ଭ

ଭଦ୍ରକ, (ପିଏନ)- ଓଡିଶାର ପୁରାତନ ଶୈବପୀଠ ଆରଡିଧାମର ବାବା ଆଖଣ୍ଡଳମଣିଙ୍କ ମନ୍ଦିର ବେଢାରେ ଥିବା ପୀଠଦେବୀ ଜୟଦୁର୍ଗାଙ୍କର ଆଜି ପବିତ୍ର ମୂଳାଷ୍ଟମୀ ଠାରୁ ଆରମ୍ଭ ହୋଇଛି ଷୋଡଶ ଦିବସୀୟ ପୂଜା। ଚଳିତବର୍ଷ ମହାମାରୀ କରୋନା ପାଇଁ ଦୀର୍ଘମାସ ହେବ କଟକଣା ଜାରି ରହିଥିବାରୁ ସେବାୟତମାନେ ସାମାଜିକ ଦୂରତା ରକ୍ଷା କରିବା ସହିତ ମାସ୍କ ପରିଧାନ କରି ସମସ୍ତ ନୀତିକାନ୍ତି ସମ୍ପନ୍ନ କରିବା ପାଇଁ ପ୍ରଶାସନ ପକ୍ଷରୁ ପରାମର୍ଶ ଦିଆଯାଇଛି। ଅନ୍ୟପଟେ ଆଶ୍ୱିନମାସ ମଳମାସ ପଡୁଥିବାରୁ ଚଳିତଥର ୪୫ଦିନ ଧରି ଅର୍ଥାତ ଅକ୍ଟୋବର ୨୪ ଦଶହରା ଯାଏଁ ପୂଜା ଚାଲିବ ବୋଲି ସେବାୟତମାନେ ପ୍ରକାଶ କରିଛନ୍ତି। ଆଜି ପ୍ରଥମ ଦିନରେ ମାଙ୍କୁ ଗୌରୀ ବେଶରେ ସଜ୍ଜିତ କରାଯିବା ସହିତ ମଙ୍ଗଳ ଆଳତୀ, ମାର୍ଜନା, ମହାସ୍ନାନ, ଘଟ ଉ ାଳନ, ଦ୍ୱାରପାଳ ପୂଜା ଆଦି ଅପରାହ୍ଣ ସୁଧା ସରିବା ପରେ ଚଣ୍ଡୀପାଠ, ଷୋଡଶ ନୀତି, ହୋମ ଆଦି ସମ୍ପନ୍ନ କରାଯାଇଥିଲା। ଏହିପରି ଦୈନନ୍ଦିନ ମାଙ୍କ ପୂଜା ମଣ୍ଡପରେ କୋଭିଡ-୧୯ର କଟକଣାକୁ ଦୃଷ୍ଟିରେ ରଖି ମନ୍ଦିର ମଧ୍ୟରେ ମାଙ୍କର ପୂଜାର୍ଚ୍ଚନା କରାଯିବ ବୋଲି ମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି। ତାହାସହ ପୂର୍ବପରି ମନ୍ଦିର ମଧ୍ୟକୁ କୌଣସି ଭକ୍ତମାନେ ଯେପରି ପ୍ରବେଶ ନକରିବେ ସେଥିପାଇଁ ସୁରକ୍ଷା ବ୍ୟବସ୍ଥାକୁ କଡାକଡି କରାଯାଇଥିବା ମନ୍ଦିର ଟ୍ରଷ୍ଟ ପକ୍ଷରୁ ପ୍ରକାଶ ପାଇଛି।

## ବିଶ୍ୱ ବିଦ୍ୟାଳୟରେ ରାଜନୀତିକରଣକୁ ବିରୋଧ କରି ଯୁବମୋର୍ଚ୍ଚା ପକ୍ଷରୁ ବିକ୍ଷୋଭ ପ୍ରଦର୍ଶନ

କେନ୍ଦ୍ରାପଡା, (ପିଏନ)- କେନ୍ଦ୍ରାପଡା ସ୍ୱଂୟ ଶାସିତ ମହାବିଦ୍ୟାଳୟ ସମ୍ମୁଖରେ ଭାରତୀୟ ଜନତା ଯୁବମୋର୍ଚ୍ଚା ତରଫରୁ ବିଶ୍ୱ ବିଦ୍ୟାଳୟରେ ରାଜନୀତି କରଣକୁ ବିରୋଧ କରି ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ଓଡିଶା ସରକାରଙ୍କ ପ୍ରସ୍ତାବିତ ଓଡିଶା ବିଶ୍ୱ ବିଦ୍ୟାଳୟ ଆଇନ ସଂଶୋଧନ ଅଧିନିୟମ ୧୯୮୯ ଏବଂ ରେଭେନସା ବିଶ୍ୱ ବିଦ୍ୟାଳୟ ଆଇନ ୨୦୦୫ ପ୍ରତ୍ୟାହାର, ବିଶ୍ୱ ବିଦ୍ୟାଳୟ ଗୁଡିକର ସ୍ୱାଧିନତା କ୍ଷୁର୍ଣ୍ଣ କରିବା ଉଦ୍ଦେଶ୍ୟ ରାଜ୍ୟ ସରକାର ଙ୍କର ଥିବାରୁ ଭାରତୀୟ ଜନତା ଯୁବମୋର୍ଚ୍ଚା କେନ୍ଦ୍ରାପଡା ଶାଖା ତରଫରୁ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟ ସମ୍ମୁଖରେ ଶୁକ୍ରବାର ବିକ୍ଷୋଭ ପ୍ରଦର୍ଶନ କରାଯାଇଛି ।

## ଅଭିଯୁକ୍ତଙ୍କୁ ଗିରଫ ଦାବିରେ ଜିଲ୍ଲାପାଳଙ୍କ ଆବାସିକ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା

କେନ୍ଦ୍ରାପଡା, (ପିଏନ)- ପଟ୍ଟାମୁଣ୍ଡାଇ ପୋଲିସର ଅପାରଗତା ଓ ଅଭିଯୁକ୍ତ ସମ୍ବିତ୍ କୁମାର ସ୍ୱାଇଁଙ୍କ ଗିରଫ ଦାବି ନେଇ ପିଡିତଙ୍କ ପରିବାର ଓ ଗ୍ରାମବାସୀଙ୍କ ପକ୍ଷରୁ ଗରାପୁର ସ୍ଥିତ ଜିଲ୍ଲାପାଳଙ୍କ ଆବାସିକ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦିଆ ଯାଇଥିଲା । ଦୀର୍ଘ ୨ ମାସ ତଳେ ଗାଡି ମଡାଇ ମାରିବାକୁ ଉଦ୍ୟମ କରିଥିବା ପଟ୍ଟାମୁଣ୍ଡାଇ ଥାନାରେ ଅଭିଯୋଗ କରା ଯାଇଥିଲେ ମଧ୍ୟ ପୋଲିସ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରା ନଯିବାରୁ ପିଡିତ ପରିବାର ଧାରଣାରେ ବସିଥିଲେ । ଅଭିଯୋଗ ମୁତାବକ ଗତ ଜୁଲାଇ ମାସରେ ପଟ୍ଟାମୁଣ୍ଡାଇ ଥାନା ଅଧିନ ନରସିଂହପୁର ଗ୍ରାମର ବିଜୟ କୁମାର ସ୍ୱାଇଁଙ୍କ ପତ୍ନୀ ରଶ୍ମିତା ସ୍ୱାଇଁଙ୍କୁ ଏକ ପାରିବାରିକ ବିବାଦରେ ଆକ୍ରୋଷ ରଖି ଅଭିଯୁକ୍ତ ପୁତୁରା ସମ୍ବିତ୍ ସ୍ୱାଇଁ ଟଣାଓଟରା କରିବା ସହ ଅଶାଳୀନ ବ୍ୟବହାର ଦେଖାଇ ବାରୁ ବିଜୟ ଏହାର ପ୍ରତିବାଦ କରିଥିଲେ। ଏଥିରେ ଉତ୍କ୍ଷିପ୍ତ ହୋଇ ବିଜୟ ଓ ରଶ୍ମିତା ଲୁନାରେ ଥାନାକୁ ଆସୁଥିବା ବେଳେ ସମ୍ବିତ୍ ଗାଡି ମଡାଇ ତାଙ୍କୁ ମାରିବା ଉଦ୍ୟମ କରିଥିବା ଅଭିଯୋଗ ହୋଇଥିଲା । ଏହି ଉଦ୍ୟମରେ ବିଜୟଙ୍କ ଗୋଡ ଗାଡି ଧକ୍କାରେ ଭାଙ୍ଗି ଯିବାରୁ ସେ ଦୀର୍ଘଦିନ ଧରି ଚିକିତ୍ସାଧିନ ଥିଲେ ।

## ୪ ମାସ ହେଲା ଆଣ୍ଠୁଏ ପାଣିରେ ପଶି ଘରକୁ ଯାଉଛନ୍ତି ଗ୍ରାମବାସୀ

କେନ୍ଦ୍ରାପଡା, (ପିଏନ)-କେନ୍ଦ୍ରାପଡା ଜିଲ୍ଲା ପଟ୍ଟାମୁଣ୍ଡାଇ ପୌରାଂଚଳ ଅନ୍ତର୍ଗତ ୧୧ ନମ୍ବର ଓ୍ୱାର୍ଡର ଗୋଛାୟତ ସାହି ଓ ମାଝିସାହି ବାସିନ୍ଦା ମାନେ ନିଜ ଘରକୁ ଯିବା ପାଇଁ ଆଣ୍ଠୁଏ ପାଣିରେ ଯାତାୟତ କରୁଥିବା ଜିଲ୍ଲାପାଳଙ୍କ ଠାରେ ଅଭିଯୋଗ ହୋଇଛି । ପଟ୍ଟାମୁଣ୍ଡାଇ ବସ୍ତି ମୁଖ୍ୟ ରାସ୍ତାରୁ ଆରମ୍ଭ କରି ଏହି ସାହିକୁ ୨ ଫୁଟ ଉଚ୍ଚର ପାଣି ଜମି ରହୁଥିବାରୁ ଗ୍ରାମବାସୀ ମାନେ ବିଷାକ୍ତ ପରିବେଶ ଓ ଦୂଷିତ ଜଳରେ ହନ୍ତସନ୍ତ ହେଉଥିବା ଅଭିଯୋଗ କରିଛନ୍ତି । ପାଣି ନିଷ୍କାସନ ପଥକୁ ପାଖ ବସ୍ତିର ଲୋକମାନେ ଅବରୋଧ କରି ମାଟି ପକାଇ କଚା ପାଇଖାନା କରିଥିବାରୁ ଅଳିଆ ଆବର୍ଜନା ଓ ଜଳ ନିଷ୍କାସିତ ହୋଇ ନପାରି ଗାଁ ରାସ୍ତାରେ ପଚୁ ଥିବାରୁ ପରିବେଶ ଅତ୍ୟନ୍ତ ଦୂଷିତ ହୋଇ ଯାଇଛି । କେତେକ ଗ୍ରାମବାସୀଙ୍କ ଗୋଡରେ ଘା ହେବା ସହ ବିଭିନ୍ନ ସଂକ୍ରମଣ ରୋଗ ବ୍ୟାପୁଛି । ଏନେଇ ଗ୍ରାମବାସୀ ମାନେ ତହସିଲଦାର ଓ ପୌରକାର୍ଯ୍ୟାଳୟ ରେ ଅଭିଯୋଗ କଲେ ମଧ୍ୟ ଦୀର୍ଘ ୫ ମାସ ହେଲା କେହି ଆପତି ଶୁଣୁ ନାହାନ୍ତି । ଶୁକ୍ରବାର ଗ୍ରାମବାସୀଙ୍କ ପକ୍ଷରୁ ନିରଞ୍ଜନ ମାଝି, ରାମଚନ୍ଦ୍ର ଗୋଛାୟତ, ରତ୍ନାକର ମାଝି, ନାରାୟଣ ଗୋଛାୟତ, ନିର୍ମଳ ଗୋଛାୟତ, ଗୋକୁଳ ଗୋଛାୟତ ଓ କାଙ୍ଗାଳି ମାଝି ପ୍ରମୁଖ ବହୁ ଗ୍ରାମବାସୀ ଜିଲ୍ଲାପାଳଙ୍କୁ ଭେଟି ଏହାର ପ୍ରତିକାର ଦାବି କରିଛନ୍ତି ।

## ସମ୍ବଲପୁର ମଣ୍ଡଳର ସାଧାରଣ ପ୍ରଶାସନ ବିଭାଗ ଦ୍ୱାରା ଫିଟ୍ ଇଣ୍ଡିଆ ଫ୍ରିଡ଼ମ୍ ରନ୍ ଆୟୋଜିତ

ସମ୍ବଲପୁର,(ପିଏନ)- ଯୁବ ବ୍ୟାପାର ଓ କ୍ରୀଡ଼ା ମନ୍ତ୍ରଣାଳୟ, ଭାରତ ସରକାରଙ୍କ ନିର୍ଦ୍ଦେଶାନୁସାରେ ପୂର୍ବତଟ ରେଳପଥ ସମ୍ବଲପୁର ମଣ୍ଡଳର ରେଳବାଇ କର୍ମଚାରୀ ଓ ସେମାନଙ୍କ ପରିବାରକୁ ଶାରୀରିକ ଓ ମାନିକ ସ୍ତରରେ ସୁସ୍ଥ ରଖିବା ପାଇଁ ୧୫ ଅଗଷ୍ଟରୁ ୨ ଅକ୍ଟୋବର - ୨୦୨୦ ପର୍ଯ୍ୟନ୍ତ ଫିଟ୍ ଇଣ୍ଡିଆ ଫ୍ରିଡମ୍ ରନ୍ ଆୟୋଜନ କରାଯାଉଅଛି । ସମ୍ବଲପୁର ମଣ୍ଡଳର ସମସ୍ତ ବିଭାଗକୁ ବିଭିନ୍ନ ଦିନ ଗୁଡ଼ିକରେ ଫିଟ୍ ଇଣ୍ଡିଆ ଫ୍ରିଡ଼ମ୍ ରନ୍ ଆୟୋଜନ କରିବା ପାଇଁ ଦିନ ଧାର୍ଯ୍ୟ କରାଯାଇଅଛି ।୧୧ ସେପ୍ଟେମ୍ବର-୨୦୨୦ରେ ସମ୍ବଲପୁର ମଣ୍ଡଳର ସାଧାରଣ ପ୍ରଶାସନ ବିଭାଗ ଦ୍ୱାରା ଫିଟ୍ ଇଣ୍ଡିଆ ଫ୍ରିଡ଼ମ୍ ରନ୍ ଆୟୋଜନ କରାଯାଇଥିଲା । ଏହି ରନ୍‌ରେ ମଣ୍ଡଳ ରେଳ ପ୍ରବନ୍ଧକ ପ୍ରଦୀପ କୁମାର, ମହିଳା କଲ୍ୟାଣ ସଂଗଠନ, ସମ୍ବଲପୁରର ଅଧ୍ୟକ୍ଷା ଶ୍ରୀମତୀ ମଲ୍ଲିକ, ଉପାଧ୍ୟକ୍ଷା ସ୍ୱର୍ଣ୍ଣଲତା ପାତ୍ରତ୍ରୁ, ଅତିରିକ୍ତ ମଣ୍ଡଳ ରେଳ ପ୍ରବନ୍ଧକ ଏଲ.ଭି.ଏସ.ଏସ ପାତ୍ରତ୍ରୁ, ଅନ୍ୟାନ୍ୟ ବରିଷ୍ଠ ଅଧିକାରୀ ଓ ବହୁ ସଂଖ୍ୟାରେ କର୍ମଚାରୀ ଉପସ୍ଥିତ ଥିଲେ । ଉକ୍ତ ଫିଟ୍ ଇଣ୍ଡିଆ ଫ୍ରିଡ଼ମ୍ ରନ୍ ରେଳବାଇ ଷ୍ଟାଡିୟମରୁ ବାହାରି ସମ୍ବଲପୁର ରେଳ ଷ୍ଟେସନ ପର୍ଯ୍ୟନ୍ତ ଆସିଥିଲା । ସାମାଜିକ ଦୂରତା ବଜାୟ ରଖି ଉକ୍ତ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା ।



# ଖେଳ

# ପର୍ଯ୍ୟବେକ୍ଷକ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

୨୬ ବର୍ଷରେ

Bhubaneswar Wednesday March 20, 2024 ଭୁବନେଶ୍ୱର ବୁଧବାର, ମାର୍ଚ୍ଚ ୨୦ ,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com




## ରିଲାଏନ୍ସ ପେଟ୍ରୋଲ ପମ୍ପର ବେଆଇନ କାରବାର ବିରୋଧରେ ଅଭିଯୋଗ

କେନ୍ଦ୍ରାପଡ଼ା,(ପି.ଏନ): କେନ୍ଦ୍ରାପଡା ରିଲାଏନ୍ସ ପେଟ୍ରୋଲ ପମ୍ପର ବେଆଇନ ପେଟ୍ରୋଲ କାରବାର ବିରୋଧରେ ପ୍ରଦେଶ କଂଗ୍ରେସ ପ୍ରଚାର କମିଟି ସଦସ୍ୟ ଆଇନଜୀବୀ ବିଧୁଭୂଷଣ ମହାପାତ୍ର ବେସାମରିକ ଯୋଗାଣ ଅଧିକାରୀ ଓ କେନ୍ଦ୍ରାପଡା ସଦର ଥାନାରେ ଅଭିଯୋଗ କରିଥିବା ସୂଚନା ଦେଇଛନ୍ତି। ତାଙ୍କ ଅଭିଯୋଗ ଅନୁଯାୟୀ ଗତ ସପ୍ତାହରେ ପେଟ୍ରୋଲ ଓ ଡିଜେଲ ଦର ୨ଟଙ୍କା କରି ହ୍ରାସ ପାଇଥିବା ବେଳେ ଦୁହୁରିଆ ନିକଟସ୍ଥ ରିଲାଏନ୍ସ ପେଟ୍ରୋଲ ପମ୍ପ ଗତ ୭ତାରିଖରୁ ୧୪ତାରିଖ ମଧ୍ୟରେ ଏକଟଙ୍କା କମ୍ ଦରରେ ଗଛିତ ଥିବା ସମସ୍ତ ପେଟ୍ରୋଲ ଓ ଡିଜେଲକୁ ବିକ୍ରୀ କରିଦେଇଛନ୍ତି। ଭାରତ ସରକାରଙ୍କ ତେଲ ଦର ହ୍ରାସ ଜନିତ ଖବର କେଉଁଠୁ ଲିକ ହୋଇଥିବାରୁ ଏସମ୍ପର୍କରେ ଖବର ପାଇ



ସଂପୃକ୍ତ ରିଲାଏନ୍ସ ପେଟ୍ରୋଲ ପମ୍ପ ମାଲିକ ଏଭଳି ନିୟମ ବିରୁଦ୍ଧ କାର୍ଯ୍ୟ କରିଛନ୍ତି। ଏହା ସମ୍ପୂର୍ଣ୍ଣ ବେଆଇନ ବୋଲି ଆଇନଜୀବୀ ଶ୍ରୀ ମହାପାତ୍ର ଅଭିଯୋଗ କରି ଏହା ବିରୋଧରେ ଦୃଢ ଆଇନଗତ କାର୍ଯ୍ୟାନୁଷ୍ଠାନ ଦାବି କରିଛନ୍ତି। ଏସମ୍ପର୍କରେ ସଂପୃକ୍ତ ପେଟ୍ରୋଲ ପମ୍ପ ମାଲିକଙ୍କୁ ଯୋଗାଯୋଗ କରାଯାଇଥିଲେବି ସେ କୌଣସି ଉତ୍ତର ଦେଇନାହାନ୍ତି।

## ନବଜ୍ୟୋତି କ୍ରିକେଟ ଟୁର୍ଣ୍ଣାମେଣ୍ଟ ଉଦଯାପିତ

ଖପ୍ରାଖୋଲ,(ପିଏନ): ବଲାଙ୍ଗିର ଜିଲ୍ଲା ଖପ୍ରାଖୋଲ ବ୍ଲକ୍ ଘୁନସର ପଞ୍ଚାୟତ ଅନ୍ତର୍ଗତ ଝାଙ୍କରିପାଲି ଠାରେ ଚାଲିଥିବା ଚତୁର୍ଥ ତମ ନବଜ୍ୟୋତି କ୍ରିକେଟ ଟୁର୍ଣ୍ଣାମେଣ୍ଟ ଉଦଯାପିତ ହୋଇଯାଇଛି । ଫାଇନାଲ ଖେଳ ଝାଙ୍କରିପାଲି ଓ ବେନ୍ଦେର ମଧ୍ୟରେ ଅନୁଷ୍ଠିତ ହୋଇଥିଲା । ଝାଙ୍କରିପାଲି ଦଳ ପ୍ରଥମେ ବ୍ୟାଟିଙ୍ଗ କରି ୧୦ ଓଭର ରେ ୮ ୱିକେଟ୍ ହରାଇ ୧୨୦ ରନ୍ ସଂଗ୍ରହ କରିଥିଲା। ଏହାର ଜବାବ ରେ ବେନ୍ଦେର ଦଳ ୯ ଓଭର ରେ ସମସ୍ତ ୱିକେଟ ହରାଇ ୧୦୦ ରନ ସଂଗ୍ରହ କରିବାକୁ ସକ୍ଷମ ହୋଇଥିଲା। ଯାହା ଫଳରେ ଝାଙ୍କରିପାଲି ଦଳ ଚାମ୍ପିୟନ ହୋଇଥିଲା । ଆୟୋଜିତ ଉତ୍ସବରେ ମିନିକେତନ ଦାସ ଅଧ୍ୟକ୍ଷତା କରିଥିବା ବେଳେ ଫାଇନାଲ ମେଚ୍‌ରେ ମୁଖ୍ୟ ଅତିଥି ଭାବେ ଘୁନସର ସରପଞ୍ଚ ଅନୁସୟା ସାହୁ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ପରୀକ୍ଷିତ ମାଝୀ,ପଞ୍ଚାନନ ପଧାନ,ଅନାଦି ବାଗ, ବିଳାସ ତାଣ୍ଡି, ତାପସ୍ୱିନୀ ସାହୁ,ମୁକ୍ତା ମାଝୀ,ରବି ଗଡ଼ତିଆ,କିଶୋର ଚନ୍ଦ୍ର ସାହୁ ,ନୃସିଂହ ଗଡ଼ତିଆ,ଚତୁର୍ଭୁଜ ସିର୍ଦ୍ଧାତ ପ୍ରମୁଖ ଯୋଗଦେଇ ଥିଲେ। ଚାମ୍ପିୟନ ଦଳକୁ ଟ୍ରଫି ସହ ୧୨୦୦୦ ଟଙ୍କା ଏବଂ ରନର୍ସ ଅପ ଦଳ କୁ ୮୦୦୦ ଟଙ୍କା ଅତିଥି ମାନେ ପ୍ରଦାନ କରିଥିଲେ। ଅମ୍ପାୟାର ରୁପେ ହରି ସାହୁ ଓ ରମାକାନ୍ତ ସାହୁ ଖେଳକୁ ପରିଚାଳନା କରିଥିବା ବେଳେ ସ୍କ ?ରର ରୁପେ ରାକେଶ କୁମାର ଗଡ଼ତିଆ ଓ ଅନ୍ଲାଇନ ସ୍କରର ଭାବେ ପ୍ରଶାନ୍ତ ବରିହା ଓ ଅନଲାଇନ ଲାଇଭ ୟୁଟୁବ ରେ ଖେଳ ଦେଖାଇବା ପାଇଁ ବିଜୟ ମଲ୍ଲିକ ଦାୟିତ୍ୱ ତୁଲାଇ ଥିଲେ। ମିନିକେତନ ଦାସ ଓ ନିଲାଞ୍ଚଳ ତାଣ୍ଡି ଖେଳର ଧାରା ବିବରଣୀ ପ୍ରଦାନ କରିଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ନବଜ୍ୟୋତି କ୍ରିକେଟ କ୍ଲବ୍ ର ସମସ୍ତ ସଦସ୍ୟ ଓ ଝାଙ୍କରିପାଲି ଗ୍ରାମର ନାରୀଶକ୍ତି ସମସ୍ତ ସ୍ୱୟଂ ସହାୟିକା ଦଳର ମା ମାନେ ଉପସ୍ଥିତ ଥିଲେ। ଟୁର୍ଣ୍ଣାମେଣ୍ଟ ଟି ଛଅ ଦିନ ଧରି ଚାଲିଥିବା ବେଳେ ୧୬ ଟି ଦଳ ଭାଗ ନେଇଥିଲେ।

## ମେଡିକାଲ କ୍ରିୟାନୁଷ୍ଠାନ କମିଟି ପକ୍ଷରୁ ଆନ୍ଦୋଳନ ଚେତାବନୀ

ବାଲେଶ୍ୱର,(ପି.ଏନ): ଫକୀରମୋହନ ମେଡ଼ିକାଲ କଲେଜ ହସ୍ପିଟାଲରେ ସ୍ୱାସ୍ଥ୍ୟ ସେବା ବିପର୍ଯ୍ୟସ୍ତ ଅବସ୍ଥାକୁ ଚାଲିଯାଇଛି ବୋଲି ମେଡ଼ିକାଲ କ୍ରିୟାନୁଷ୍ଠାନ କମିଟି ବୈଠକରେ ଉଦ୍‌ବେଗ ପ୍ରକାଶ ପାଇଛି। ଆଇନଜିବୀ ନିରଞ୍ଜନ ପରିଡ଼ାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ସରକାରୀ ସ୍ୱସ୍ଥ୍ୟ ସେବା ପାଇବା ପାଇଁ ରୋଗୀ ମାନେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି ବୋଲି ସାଧାରଣ ସଂପାଦକ ପ୍ରଦୀପ ଦାସ ଅଭିଯୋଗ କରିଥିଲେ। ଗତ ସପ୍ତାହରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରୁ ରେମୁଣାକୁ ସ୍ଥାନାନ୍ତର ହୋଇଥିବା ମେଡ଼ିକାଲ କଲେଜର ୬୫୦ ଶଯ୍ୟା ବିଶିଷ୍ଟ ନିର୍ମାଣଧୀନ ହସ୍ପିଟାଲକୁ ମାତ୍ର ୪ଟି ବିଭାଗ ତରବରିଆ ଭାବେ ସ୍ଥାନାନ୍ତରିତ କରାଯାଇଛି। ଫଳରେ ରୋଗୀ ମାନେ ଚିକିତ୍ସା ପାଇଁ ହନ୍ତସନ୍ତ ହେଉଛନ୍ତି। ମେଡିକାଲ କଲେଜ ସଲଗ୍ନ ହସ୍ପିଟାଲର ନିର୍ମାଣ କାର୍ଯ୍ୟ ସଂପୂର୍ଣ୍ଣ ହୋଇନଥିବାରୁ ବର୍ଷା ସମୟରେ ବହିର୍ବିଭାଗରେ କୃତ୍ରିମ ବନ୍ୟା ସୃଷ୍ଟି ହେଉଛି। ଫଳରେ ରୋଗୀମାନେ ନାହିଁନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଜାତୀୟ ରାଜପଥରୁ ମୁଖ୍ୟ ରାସ୍ତା ପାଇଁ ଜମି ଅଧିଗ୍ରହଣ ହେବା ନେଇ ମଧ୍ୟ ରାସ୍ତା ନିର୍ମାଣ ପ୍ରକ୍ରିୟା ଏ ପର୍ଯ୍ୟନ୍ତ ଆରମ୍ଭ ହୋଇ ନାହିଁ। ଏହି ଭଳି ବିଭିନ୍ନ ସମସ୍ୟାର ସମାଧାନ ପାଇଁ ସଂପାଦକ ଶ୍ରୀ ଦାସ ଦାବି କରିଥିଲେ। ରାଜ୍ୟ ସରକାର ଓ ନିର୍ବାଚିତ ପ୍ରତିନିଧି ମାନଙ୍କୁ ଏ ନେଇ ବାରମ୍ବାର ଅଭିଯୋଗ କରାଯାଇଥିଲେ ମଧ୍ୟ ପ୍ରତିକାର କରାଯାଇ ନ ଥିବା ନେଇ ସଦସ୍ୟ ମାନେ ସମସ୍ୟାର ସମାଧାନ ପାଇଁ ଜିଲ୍ଲା ସ୍ତରରେ ଗଣତାନ୍ତ୍ରିକ ଆନ୍ଦୋଳନ ପାଇଁ ପ୍ରସ୍ତାବ ଦେଇଥିଲେ।

## ନାରୀଶକ୍ତିର ଚାତୁର୍ଯ୍ୟ,ମାଧୁର୍ଯ୍ୟ ଓ ଐଶ୍ୱର୍ଯ୍ୟ ମହାନ

ନୂଆଦିଲ୍ଲୀ,(ପି.ଏନ): ନାରୀଶକ୍ତିର ଚାତୁର୍ଯ୍ୟ, ମାଧୁର୍ଯ୍ୟ ଓ ଐଶ୍ୱର୍ଯ୍ୟ ମହାନ ବୋଲି ବିଶିଷ୍ଟ ବ୍ୟକ୍ତି ମାନେ ମତ ପ୍ରକାଶ କରିଛନ୍ତି। ୱାର୍ଲଡ୍ ଓଡ଼ିଶା ସୋସାଇଟି (ୱା. ଓ. ସୋ) ତରଫରୁ ଆନ୍ତର୍ଜାତିକ ମହିଳା ଦିବସ ପାଳନ ଉପଲକ୍ଷେ ଆୟୋଜିତ ତୃତୀୟ ଶକ୍ତି ଉତ୍ସବ-୨୦୨୪ ରେ ଭାଗନେଇ ଅତିଥି ବକ୍ତା ମାନେ ନାରୀ ଜାତିର ମହନୀୟତା ଉପରେ ଆଲୋକପାତ କରିଥିଲେ।ହାଇବ୍ରିଡ୍ ମଞ୍ଚରେ ଅନୁଷ୍ଠିତ ଏହି ସମାରୋହରେ ଭାରତ ବର୍ଷର ବିଭିନ୍ନ ରାଜ୍ୟ ଏବଂ ବିଶ୍ୱର ବହୁ ରାଷ୍ଟ୍ରରୁ ୱା. ଓ. ସୋ ର ସଦସ୍ୟ , ପ୍ରବାସୀ ଓଡ଼ିଆ ତୁଙ୍ଗ ନେତୃବର୍ଗ ଏବଂ ଓଡ଼ିଆ ସମାଜର ପ୍ରତିନିଧିମାନେ ଯୋଗ ଦେଇଥିଲେ। ମୁଖ୍ୟ ଉତ୍ସବ ଜାତୀୟ ରାଜଧାନୀ କ୍ଷେତ୍ରର ଗାଜିଆବାଦ ଠାରେ ପାଳନ କରାଯାଇଥିବା ବେଳେ ଶତାଧିକ ବିଶ୍ୱ ଓଡ଼ିଆ ଏଥିରେ ଆଭାସୀ ଢଙ୍ଗରେ ସଂଯୁକ୍ତ ହୋଇଥିଲେ।ସଭାରେ ବରେଣ୍ୟ ଅତିଥି ଭାବେ ସାମିଲ ହୋଇ ସମ୍ବାଦର ସମ୍ପାଦକ ତନୟା ପଟ୍ଟନାୟକ, ବିଶ୍ୱ ଭରି ଓଡ଼ିଆ ମାନଙ୍କୁ ଯୋଡ଼ିବାରେ ୱାର୍ଲଡ୍ ଓଡ଼ିଶା ସୋସାଇଟି ର ପ୍ରୟାସ ପ୍ରଶଂସନୀୟ ବୋଲି କହିଥିଲେ।ଚଳିତ ଶତାବ୍ଦୀ ମହିଳାମାନଙ୍କ ଉଦ୍ଦେଶ୍ୟରେ ଉତ୍ସର୍ଗୀକୃତ ବୋଲି ଦର୍ଶାଇ ନାରୀ ଜାତିର ଉତ୍ଥାନ ପାଇଁ ଉପଯୁକ୍ତ ପ୍ରୋତ୍ସାହନ ଯୋଗାଇ ଦେବାକୁ ଶ୍ରୀମତୀ ପଟ୍ଟନାୟକ ଆହ୍ୱାନ ଜଣାଇଥିଲେ। ସ୍ୱାଗତ ଭାଷଣ ପ୍ରଦାନ କରି ୱାର୍ଲଡ୍ ଓଡ଼ିଶା ସୋସାଇଟି ର ଅଧ୍ୟକ୍ଷ କିଶୋର ଦ୍ୱିବେଦୀ, ମହିଳାମାନଙ୍କଠାରେ ମାଟିର ମୂର୍ତ୍ତିକାର ସାଜିବା ଠାରୁ ଆରମ୍ଭ କରି ଝଡ଼ର ଇଗଲ ବନିବା ପର୍ଯ୍ୟନ୍ତ ସମସ୍ତ କ୍ଷମତା ମହଜୁଦ ଥିବାରୁ ସେମାନେ ସ୍ୱ ଶକ୍ତିସମ୍ପର୍ଣ୍ଣା ବୋଲି ଉଲ୍ଲେଖ କରିଥିଲେ। ୱା.ଓ.ସୋ ର ପ୍ରତିଷ୍ଠାତ୍ରୀ ଡ଼ଃ ଅରୁନ୍ଧତୀ ଦେବୀ ସାମ୍ପ୍ରତିକ ସମାଜରେ ମହିଳା ମାନଙ୍କୁ ଏକ ଭୋଗ୍ୟ ସାମଗ୍ରୀ ରୂପେ ବ୍ୟବହାର କରାଯାଉଥିବା ନେଇ ଘୋର କ୍ଷୋଭ ପ୍ରକାଶ କରି ସେମାନଙ୍କୁ



ଯଥାମାନ୍ୟ ସମ୍ମାନ ପ୍ରଦାନ କରାଯିବାକୁ ଆଗ୍ରହ ପ୍ରକାଶ କରିଥିଲେ। ୱା.ଓ.ସୋ ର ମହିଳା ସଶକ୍ତିକରଣ କମିଟିର ଆବାହକ ଏବଂ କଳାହାଣ୍ଡିର ଉପ-ଜିଲ୍ଲାପାଳ ଶୁଭସ୍ମିତା ମିଶ୍ର ନାରୀମାନଙ୍କର ସାମ୍ବିଧାନିକ ଓ ଆଇନଗତ ଅଧିକାର କୁ ସୁରକ୍ଷିତ ରଖାଯିବା ନେଇ ବ୍ୟାପକ ଓ ବୈପ୍ଳବିକ ପଦକ୍ଷେପ ଗ୍ରହଣ କରାଯିବାର ଆବଶ୍ୟକତା ଉପରେ ଜୋର ଦେଇଥିଲେ।ୱା.ଓ.ସୋ ର ମହିଳା ଶାଖାର ସଭାପତି ଡ଼ଃ ସୁନନ୍ଦା ମିଶ୍ର ପଣ୍ଡା,ନାରୀର ଶ୍ରେଷ୍ଠତ୍ୱ ଯୁଗ ଯୁଗ ଧରି ପ୍ରମାଣିତ ହୋଇ ଆସିଥିବା ସୁଚାଇଥିଲେ। ଏହି ଅବସରରେ ୱା.ଓ.ସୋ ର ସାଧାରଣ ସମ୍ପାଦକ ଏବଂ ସୁନାମଧନ୍ୟ ସମାଜସେବୀ ଡ଼ଃ ଚିଦାତ୍ମିକା ଖଟୁଆଙ୍କୁ ପୃଥିବୀ ବ୍ୟାପି ମହିଳା ସମ୍ପ୍ରଦାୟଙ୍କର ମଙ୍ଗଳ ସକାଶେ ତାଙ୍କର ଉଲ୍ଲେଖନୀୟ ଅବଦାନ ପାଇଁ ୱା.ଓ.ସୋ ର ପ୍ରଥମ ମହା ନାରୀ ସମ୍ମାନ ପ୍ରଦାନ କରାଯାଇଥିଲା।ପୁରସ୍କାର ଗ୍ରହଣ କରି ଡ଼ଃ ଖଟୁଆ ୱା.ଓ.ସୋ ପ୍ରତି କୃତଜ୍ଞତା ପ୍ରକାଶ କରିବା ସହିତ ତାଙ୍କର ନାରୀ ଜାଗରଣ ଅଭିଯାନକୁ ସେ ଅଧିକ ଶାଣିତ କରିବେ ବୋଲି ଘୋଷଣା କରିଥିଲେ।ସଭାରେ ପ୍ରତିଭାବାନ ଫେସନ ଡିଜାଇନର ପ୍ରିୟଙ୍କା ଜେନା,ପ୍ରସିଦ୍ଧ ଚାଟାର୍ଡ ଏକାଉଣ୍ଟାଣ୍ଟ ସୁଧୀର ଦାଶ ଓ ବରିଷ୍ଠ ପ୍ରଶାସକ ଡ଼ଃ ଦେବେନ୍ଦ୍ର ମାଝୀ ଙ୍କୁ ସମାଜ ସେବା କ୍ଷେତ୍ରରେ ଉଲ୍ଲେଖ ଯୋଗ୍ୟ ଅବଦାନ ପାଇଁ ସମ୍ବର୍ଦ୍ଧନା କରାଯାଇଥିଲା। ଆଶୁ କବି ଡ଼ଃ କୁଳମଣି ବିଶ୍ୱାଳ ଓ ପ୍ରତିଷ୍ଠିତ କବୟତ୍ରୀ ଲକ୍ଷ୍ମୀପ୍ରିୟା ଦାସ ସେମାନଙ୍କ ର କବିତା ଗୁଡିକୁ ଖୁବ ସୁନ୍ଦର ଓ ସାବଲୀଳ ଢଙ୍ଗରେ ଆବୃତ୍ତି କରିଥିଲେ।ସୁବିଖ୍ୟାତ କଥାକାର ଡ଼ଃ ମଧୁସ୍ମିତା ମିଶ୍ର ତାଙ୍କର 'ଅନିନ୍ଦିତା' ଶୀର୍ଷକ କ୍ଷୁଦ୍ର ଗଳ୍ପକୁ ବେଶ ପ୍ରାଞ୍ଜଳ ଓ ପ୍ରଭାବଶାଳୀ ଢଙ୍ଗରେ ଶୁଣାଇ ଉପସ୍ଥିତ ଶ୍ରୋତା ମାନଙ୍କୁ ଚମତ୍କୃତ କରିଦେଇଥିଲେ। ସୁଧୀର ଦାଶ ଏବଂ ତାଙ୍କର ସାଥୀ କଳାକାର ଶୋଭା ନାରଙ୍ଗ, ସୁଧା କାଲରା ଓ ମୋନିକା ଚୌଧୁରୀଙ୍କର ସୁମଧୁର ସଂଗୀତ ପରିବେଷଣ ବେଶ ମନୋରଞ୍ଜକ ଥିଲା। ଆମେରିକା ରୁ ସୁଦକ୍ଷ ଉପସ୍ଥାପିକା ବନୋଜିନୀ ନାୟକ ସମଗ୍ର କାର୍ଯ୍ୟକ୍ରମ କୁ ସୁଚାରୁ ରୂପେ ସଞ୍ଚାଳନା କରିଥିଲେ। ନନ୍ଦନ ଦ୍ୱିବେଦୀ ଡିଜିଟାଲ କକ୍ଷକୁ ଦକ୍ଷତାର ସହିତ ନିୟନ୍ତ୍ରଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅଞ୍ଜନା ପଟ୍ଟନାୟକ, ଡ଼ଃ ଦେବେନ୍ଦ୍ର ମାଝୀ,ଅଜୟ କୁମାର ଦାସ ଓ ରୀତା ପାତ୍ର ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ।ୱା.ଓ.ସୋ ର ନୂଆଦିଲ୍ଲୀ ଓ ଜାତୀୟ ରାଜଧାନୀ କ୍ଷେତ୍ରର ମୁଖ୍ୟ ସଂଯୋଜକ ଉମାକାନ୍ତ ଜେନା ଧନ୍ୟବାଦ ଅର୍ପଣ କରିଥିଲେ।ଉପସ୍ଥିତ ମାନ୍ୟଗଣ୍ୟ ବ୍ୟକ୍ତିଙ୍କ ମଧ୍ୟରେ ଡ଼ଃ ନଳିନୀ ପତି, ଶ୍ୱି ରଞ୍ଜନ ବିଶ୍ୱାଳ, ଅକ୍ଷୟ ମହାନ୍ତି, ଡ଼ଃ ଯଶୋଧାରା ମିଶ୍ର,ପୁଷ୍ପାଞ୍ଜଳି ବାରିକ,ପ୍ରଭାତୀ ପାଣିଗ୍ରାହୀ, ଲିଲି ଜେନାମଣି, ପ୍ରବୋଧ ସାମନ୍ତରା, ଡ଼ଃ ସରୋଜିନୀ ପାଣି, ଡ଼ଃ ସାଗର ରଞ୍ଜନ ତ୍ରିପାଠୀ, ସୁବାସ ସାହୁ, ସଞ୍ଜୟ ରାୟ,ରଜନୀକାନ୍ତ ମିଶ୍ର,ଜ୍ଞାନ ପ୍ରକାଶ ଜେନା, ଦିଲ୍ଲୀପ ମହାନ୍ତି,ପ୍ରଫେସର ଶ୍ରୀନିବାସ ପାଠୀ, ମନୋରଞ୍ଜନ ମହାନ୍ତି,ସୁରେନ୍ଦ୍ର ସିଂ ଡୋଗ୍ରା, ନିବେଦିତା ଗିରି, ସନାତନ ମହାକୁଡ଼, ବରଦା ପ୍ରସନ୍ନ ଦାସ, ଡ଼ଃ ଜ୍ୟୋତିର୍ମୟୀ ତ୍ରିପାଠୀ, ଶ୍ରୀବାଣୀ ମହାନ୍ତି,ଆଲୋକ ପଣ୍ଡା, ବିରଜା ମହାପାତ୍ର,ଆଚାର୍ଯ୍ୟ ଅଭିମନ୍ୟୁ ଓ ଲଳିତ କୁମାର ପ୍ରଧାନ ପ୍ରମୁଖ ଅନ୍ତର୍ଭୁକ୍ତ ଥିଲେ।

### ଶିକ୍ଷାବିତ ନିତ୍ୟାନନ୍ଦ ସାମଲଙ୍କ ଆତ୍ମଜୀବନୀ 'ଅଭୁଲା ସ୍ମୃତି' ଲୋକାର୍ପିତ

କଟକ,(ପି.ଏନ): ସୁନାମଧନ୍ୟ ଶିକ୍ଷାବିତ, ସାହିତ୍ୟିକ ତଥା ସମାଜ ସେବକ ନିତ୍ୟାନନ୍ଦ ସାମଲଙ୍କ ଆତ୍ମଜୀବନୀ 'ଅଭୁଲା ସ୍ମୃତି' ସ୍ଥାନୀୟ କ୍ଷେତ୍ରବାସୀ ସରକାରୀ ହାଇସ୍କୁଲରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ପ୍ରଧାନ ଶିକ୍ଷକ ଭୀମ ଚରଣ ପରିଡ଼ା ସଭାପତିତ୍ୱ କରିଥିବାବେଳେ ମୁଖ୍ୟ ଅତିଥି ଭାବେ ସରପଞ୍ଚ ନିରଞ୍ଜନ ମଲ୍ଲିକ, ମୁଖ୍ୟ ବକ୍ତା ଭାବେ ନାଟ୍ୟଶ୍ରୀ ନିର୍ମଳ ରାଉତ ଯୋଗଦେଇ ପୁସ୍ତକଟିର ଶିକ୍ଷାଭିତ୍ତିକ, ଆଧ୍ୟାତ୍ମିକ ଚେତନା ଓ ଲେଖନୀ ଭିତରେ ସାମାଜିକ ଘଟଣା ପ୍ରବାହର ଶିକ୍ଷଣୀୟ ଦିଗଦର୍ଶନ ଉପରେ ଆଲୋକପାତ କରିଥିଲେ। ଅନ୍ୟତମ ଅତିଥିଭାବେ ଗୌର ଗୋପାଳ ଜେନା, ନିତ୍ୟାନନ୍ଦ ବେହେରା, ମାନସ ରାଉତ, ଅଭିରାମ ବେହେରା ପ୍ରମୁଖ ଯୋଗ ଦେଇଥିଲେ। ଲେଖକଙ୍କ ଅନୁଜ ତଥା ଶ୍ରୀ ସତ୍ୟସାଇ ସେବା ସମିତି କଟକର ପୂର୍ବତନ କେନ୍ଦ୍ରାଞ୍ଚଳ ସଂଯୋଜକ ଶ୍ୟାମସୁନ୍ଦର ସାମଲଙ୍କ ଉଦ୍ୟମରେ ଏହି କାର୍ଯ୍ୟକ୍ରମଟି ସଫଳ ହୋଇଥିବାବେଳେ ଏହା ପାଠକୀୟ ଆଦୃତି ପାଇବା ସହ ସତ୍ୟନିଷ୍ଠ ଜୀବନ କାହାଣୀ ଆମ ସମୟ ପାଇଁ ଶିକ୍ଷଣୀୟ ଓ ଆଦର୍ଶ ବୋଲି ସାମ୍ବାଦିକ ସୁଶାନ୍ତ କୁମା ଭୂୟାଁ ଓ ଡାକ୍ତର ଦିଲ୍ଲୀପ କୁମାର ମହାରଣା ବକ୍ତବ୍ୟ ରଖିଥିଲେ।

## ପାରାଦୀପରେ ୨୧ ତମ ଜାତୀୟ ନାଟ୍ୟ ମହୋତ୍ସବ କ୍ୟାନଫେଷ୍ଟ- ୨୦୨୪ ଉଦଘାଟିତ



ପାରାଦୀପ,(ପି.ଏନ): ପାରାଦୀପ ତଥା ଦେଶର ଅଗ୍ରଣୀ ନାଟ୍ୟ ଅନୁଷ୍ଠାନ କ୍ୟାନମାସ ପକ୍ଷରୁ ଆୟୋଜିତ ୨୧ ତମ ଜାତୀୟ ନାଟ୍ୟ ମହୋତ୍ସବ 'କ୍ୟାନଫେଷ୍ଟ-୨୦୨୪' ମଙ୍ଗଳବାର ସନ୍ଧ୍ୟାରେ ପାରାଦୀପ ବନ୍ଦରର ଜୟଦେବ ସଦନ ଠାରେ ଉଦଘାଟିତ ହୋଇଯାଇଛି । ଏହି ଅବସରରେ ପାରାଦୀପ ବନ୍ଦର ଅଧ୍ୟକ୍ଷ ପି.ଏଲ. ହରନାଦ ମୁଖ୍ୟ ଅତିଥି ଭାବେ ଯୋଗଦେଇ ୮ ଦିନ ବ୍ୟାପି ଚାଲିବାକୁ ଥିବା ଏହି ମହୋତ୍ସବ କୁ ଆନୁଷ୍ଠାନିକ ଭାବେ ଉଦଘାଟନ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ବନ୍ଦର ଉପାଧ୍ୟକ୍ଷ ନୀଳାଭ୍ର ଦାସଗୁପ୍ତା, ପାରାଦୀପ ପୌରାଧ୍ୟକ୍ଷ ବସନ୍ତ ବିଶ୍ୱାଳ,ଶମ୍ଭୁନାଥ ଚକ୍ରବର୍ତ୍ତୀ,ଏ.କେ. ବୋଷ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ରହି କ୍ୟାନମାସ ଗ୍ରୁପର ଦୀର୍ଘ ବର୍ଷର ଏହି ସଫଳ ଆୟୋଜନ ପାଇଁ ସେମାନଙ୍କୁ ଉତ୍ସାହିତ କରିଥିଲେ । ଏହି ଉଦଘାଟନୀ କାର୍ଯ୍ୟକ୍ରମ ରେ କ୍ୟାନମାସ ର ସଭାପତି ଅତୁଲ୍ୟ କୁମାର ମହାପାତ୍ର ଅତିଥି ପରିଚୟ ପ୍ରଦାନ କରିଥିଲେ ଏବଂ ସାଧାରଣ ସମ୍ପାଦକ ଶ୍ରୀମନ ନାରାୟଣ ମିଶ୍ର ମଞ୍ଚ ପରିଚାଳନା କରିଥିଲେ । ପ୍ରଥମ ଉଦଘାଟନୀ ସନ୍ଧ୍ୟାରେ ଲକ୍ଷ୍ନୌର ଦର୍ପଣ ଗ୍ରୁପ ଦ୍ୱାରା ଶୁଭଦୀପ ରାହା ଙ୍କ ନିର୍ଦ୍ଦେଶିତ ହିନ୍ଦୀ ଭାଷୀ ନାଟକ 'ସ୍ୱାହା' ମଞ୍ଚସ୍ଥ ହୋଇଥିଲା । ଏହି ଜାତୀୟ ନାଟ୍ୟ ମହୋତ୍ସବ ଚଳିତ ମାସ ୧୯ ତାରିଖ ଠାରୁ ଆରମ୍ଭ ହୋଇ ୨୬ ତାରିଖ ଦୀର୍ଘ ଆଠଦିନ ଧରି ଚାଲିବ । ଏଥିରେ ଦେଶର ବିଭିନ୍ନ ପ୍ରାନ୍ତରୁ ବିଭିନ୍ନ ପ୍ରତିଷ୍ଠିତ ଥିଏଟର ଗ୍ରୁପ ଓ କଳାକାର ମାନଙ୍କ ଦ୍ୱାରା ନାଟକ ମଞ୍ଚସ୍ଥ ହେବ ।







Printed & Published by Budhadev Mohapatra on behaöf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Puböished at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray